୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.254 Bhubaneswar Thursday November 21 2024 | ୨୬ତମ ବର୍ଷ ସଂଖ୍ୟା–୨୫୪ ଭୁବନେଶ୍ୱର, ଗୁରୁବାର, ନଭେମ୍ବର ୨୧, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹ 1.50 | (Air Surcharge - 0.50P) | Member-INS

## ମୋତେ ମାରି ଉପନିର୍ବାଚନ କରିବାକୁ ଯୋଜନା ରଖିଥିଲେ; କାହା ବିରୋଧରେ ଏଭଳି ସାଂଘାତିକ ଅଭିଯୋଗ ଆଣିଲେ ବିଜେପି ବିଧାୟକ



ଭୁବନେଶ୍ୱର,୨୦।୧୧(ପି.ଏନ):'ମୋ ପିଏସ୍ ?ଓଙ୍କଠାରୁ ପିସ୍ତଲ ଛଡାଇ ମୋତେ ଗୁଳି କରି ମାରି ଦେଇଥା'ନ୍ତେ। ମୋତେ ମାରି ଉପନିର୍ବାଚନ କରିବାକୁ ସେମାନେ ଯୋଜନା ରଖିଥିଲେ।' ଯାଜପୁର ବୁଢ଼ାପୋଲ ନିକଟରେ ତାଙ୍କୁ ଓ ତାଙ୍କ ଗାଡିକୁ ଆକ୍ରମଣ କରାଯିବା ଘଟଣା ପରେ ଏଭଳି କିଛି ପ୍ରତିକ୍ରିୟା ଦେଇଛନ୍ତି ବିଜେପି ନେତା ତଥା ଧର୍ମଶାଳା ବିଧାୟକ ହିମାଂଶୁ ଶେଖର ସାହୁ (ଲିକୁ)। ବିଜେଡି କର୍ମୀମାନେ ତାଙ୍କ ଉପରକୁ ଆକ୍ରମଣ କରିଥିବା ସେ ଅଭିଯୋଗ କରିଛନ୍ତି। ବିଧାୟକ ହିମାଂଶୁ ସାହୁ କହିଛନ୍ତି, କିଛି ଲୋକ ରାସ୍ତାରୋକ କରିଥିଲେ। ରାସ୍ତା ବନ୍ଦ ଥିବାରୁ ମୋ ଗାଡି ସେଠାରେ ଅଟକି ଥିଲା। ରାସ୍ତା ବନ୍ଦ ଥିବାରୁ ମୋ ଗାଡି ସେଠାରେ ଅଟକି ଥିଲା। ସେମାନେ ମୋ ଗାଡିକୁ ରଡ୍ ? ଓ ଠେଙ୍ଗାରେ ପିଟିଥିଲେ। ଗାଡିରେ ମୋତେ ଦେଖି ମୋ ଆଡକୁ ମାଡି ଆସିଥିଲେ। ମୋତେ ପିଟି, ମୋ ଚେନ୍ ? ଛିଡାଇ ନେଇଥିଲେ। ବବି ଭାଇ ଜିନ୍ଦାବାଦ୍ ? କହି ମୋତେ ସେମାନେ ଆକ୍ରମଣ କରିଥିଲେ। ତୁରନ୍ତ ଏଠୁ ପଳା, ନହେଲେ ମାରିଦେବୁ ବୋଲି ସେମାନେ କହିଥିଲେ। ସେ ଆହୁରି ଅଭିଯୋଗ କରିଛନ୍ତି, ମୋ ପିଏସ୍ ?ଓଙ୍କୁ ମଧ୍ୟ ଆକ୍ରମଣ କରିଥିଲେ। ପିଏସ୍ ?ଓଠାରୁ ପିସ୍ତଲ ଛଡାଇ ମୋତେ ଫାୟାରିଂ କରଥାନ୍ତେ। କୌଣସି ପ୍ରକାରେ ପିଏସ୍ ଓ ସେମାନଙ୍କ କବଳରୁ ଖସି ଯାଇଥିଲେ। ଲୋକମାନେ ଆସିନଥିଲେ ସେମାନେ ମୋତେ ମାରିଦେଇଥାନ୍ତେ। ବବ ଦାସକୁ ବିରୋଧ କରୁଛି, ତାକୁ ପିଟି ମାରିଦିଅ କହୁଥିଲେ। ମୋତେ ମାରି ବାଇ ଇଲେକ୍ସନ କରିବା ଯୋଜନାରେ ଥିଲେ। ଆକ୍ରମଣ ପରେ ପରେ ବବିଙ୍କ ଭାଇ ଲଲ ଦାସ ଫୋନ୍ କରିଥିଲେ। ଯାହା ହେଲା ହେଲା, କଂପ୍ରୋମାଇଜ୍ କରିଦିଅ କହିଥିଲେ। ଲୋକ ଲଗାଇ ପିଟିବେ, ପୁଣି କଂପ୍ରୋମାଇଜ୍ ପାଇଁ କହିବେ।

## ୩ରେ ଓଡିଶା ଆସିବେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ , ୭ ଯାଏ ରହିବେ

ଭୁବନେଶ୍ୱର,୨୦।୧୧(ପି.ଏନ): ଆସନ୍ତା ମାସ ୩ ତାରିଖରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଭୁବନେଶ୍ୱରରେ ପହଞ୍ଚିବେ। ନୂଆଦିଲ୍ଲୀରୁ ଏକ ସ୍ୱତନ୍ତ୍ର ବିମାନ ଯୋଗେ ଆସି ୩ ତାରିଖରେ ସେ ଭୁବନେଶ୍ୱର ବିଜୁ ପଟ୍ଟନାୟକ ବିମାନ ବନ୍ଦର ଅବତରଣ କରିବେ ବୋଲି ତାଙ୍କ ଗସ୍ତ ସୂଚୀରୁ ଜଣାପଡିଛି। ୩ରୁ ୭ ତାରିଖ ଯାଏ ସେ ଓଡିଶା ଗସ୍ତରେ ରହିବେ। ୪ ତାରିଖ ଦିନ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ନେଭି ଡେ କାର୍ଯ୍ୟକ୍ରମରେ ଯୋଗ ଦେବେ। ୫ ତାରିଖରେ ରାଷ୍ଟ୍ରପତି ଭୁବନେଶ୍ୱର କୋର୍ଟର ନୂଆ ବିଲ୍ଡିଂ ଉଦଘାଟନ କରିବାର କାର୍ଯ୍ୟକ୍ରମ ରହିଛି।

## ଇଫକୋ ଲୋକସମ୍ପର୍କ ଅଧିକାରୀଙ୍କୁ ସମ୍ମାନଜନକ ଡକ୍ଟରେଟ୍ ଉପାଧି

ପାରାଦୀପ,୨୦।୧୧(ପି.ଏନ): ଇଫକୋ ପାରାଦୀପ ୟୁନିଟ୍‌ର ଲୋକସମ୍ପର୍କ ଅଧିକାରୀ ତଥା ସମାଜସେବୀ ପ୍ରସନ୍ନ କୁମାର ବେଉରାଙ୍କୁ ସମ୍ମାନଜନକ ଡକ୍ଟରେଟ୍ ଉପାଧି ପ୍ରଦାନ କରାଯାଇଛି। ଓାଲର୍ଡ କଲଚର ଆଣ୍ଡ ଏନଭିରୋନମେ□ ପ୍ରୋଟେକସନ କମିଶନ ପକ୍ଷରୁ ଶ୍ରୀ ବେଉରାଙ୍କୁ ଏହି ଉପାଧି ପ୍ରଦାନ କରାଯାଇଛି। ଶ୍ରୀ ବେଉରା ପାରାଦୀପ ଇଫକୋ ୟୁନିଟ୍‌ର ପ୍ରଶାସନିକ ଅଧିକାରୀ ସହିତ ଲୋକ ସମ୍ପର୍କ ଅଧିକାରୀ ଭାବେ କାର୍ଯ୍ୟ କରୁ ଅଛନ୍ତି। ପଦ୍ମବନ ନେମାଳ ପୀଠର ପରିଚାଳନା ଟ୍ରଷ୍ଟି ଭାବେ ସେ କାର୍ଯ୍ୟ କରିବା ସହିତ ଏହି ପଦ୍ମବନ ନେମାଳ ପୀଠର ଉନ୍ନତି ପାଇଁ ସେ ଦୀର୍ଘ ଦିନ ହେବ ପ୍ରୟାସ ଜାରୀ ରଖିଛନ୍ତି। ତାଙ୍କ ଉଦ୍ୟମରେ ମହାପ୍ରଭୁ ଶ୍ରୀ ଜଗନ୍ନାଥ ଧାମ, ପୁରୀଠାରେ ବରିଷ୍ଠ ନାଗରିକମାନଙ୍କ ସରଳ ଦର୍ଶନ ପାଇଁ ହାତବାଡି ପ୍ରଦାନ, ହୁଇଲ ଚେୟାର ଯୋଗାଣ କ୍ଷେତ୍ରରେ ତାଙ୍କର କାର୍ଯ୍ୟ ପ୍ରଶଂସନୀୟ।

## ବିଧାୟକଙ୍କୁ ପିଟି ଛଡାଇନେଲେ ସୁନା ଚେନ୍




ଭୁବନେଶ୍ୱର,୨୦।୧୧(ପିଏନ):ଯାଜପୁରରେ ଧର୍ମଶାଳା ବିଧାୟକ ହିମାଂଶୁ ସାହୁଙ୍କୁ ଆକ୍ରମଣ କରାଯାଇଥିବା ଅଭିଯୋଗ ହୋଇଛି। ପ୍ରଣବ ପ୍ରକାଶ ଦାସ (ବବି)ଙ୍କ ସମର୍ଥକମାନେ ତାଙ୍କୁ ଆକ୍ରମଣ କରିଥିବା କହିଛନ୍ତି ନିଜେ ବିଧାୟକ ଶ୍ରୀ ସାହୁ। ଡିଡିଏମ୍‌ଙ୍କ ଅଫିସକୁ ମିଟିଂ ପାଇଁ ଯିବା ବେଳେ ଯାଜପୁର ବୁ?ାପୋଲ ନିକଟରେ ବିଧାୟକଙ୍କୁ ଆକ୍ରମଣ କରାଯାଇଥିବା ଅଭିଯୋଗ ହୋଇଛି।ଅଭିଯୋଗ ଅନୁଯାୟୀ, ବୁଢ଼ାପୋଲ ନିକଟରେ ଆଜି ବିଜେଡି କର୍ମୀମାନେ ଆନ୍ଦୋଳନରେ ବସିଥିଲେ। ବିରଜା ମାର୍କେଟରେ ହାଟ ବନ୍ଦ କରିବା ପ୍ରତିବାଦରେ ସେମାନେ ଆନ୍ଦୋଳନକୁ ଓହ୍ଲାଇ ରାସ୍ତାରୋକ କରିଥିଲେ। ତେଣୁ ଅନେକ ଗାଡି ରାସ୍ତାରେ ଅଟକି ରହିଥିଲା। ଧର୍ମଶାଳା ବିଧାୟକ ହିମାଂଶୁ ସାହୁ ସେହିବାଟରେ ଏ ସରକାରୀ ବୈଠକକୁ ଯୋଗଦେବାକୁ ଯାଉଥିବା ବେଳେ ଫସି ଯାଇଥିଲେ। ହଠାତ୍ ୧୦/୧୫ ଜଣ ଲୋକ ତାଙ୍କ ଗାଡି ଆଡକୁ ମାଡି ଆସିଥିଲେ। ସେମାନେ ବିଧାୟକ ଶ୍ରୀ ସାହୁଙ୍କୁ ଗାଳିଗୁଲଜ କରିବା ସହିତ ତାଙ୍କୁ ଧକ୍କା ମାରିଥିଲେ। ତାଙ୍କ ସୁନା ଚେନ୍ ଛିଣ୍ଡାଇ ନେଇ ଯାଇଥିଲେ। ତାଙ୍କ କାରକୁ ଲୁହା ରଡ୍ ଓ ଠେଙ୍ଗାରେ ପିଟିଥିଲେ। ଫଳରେ ତାଙ୍କ କାରର କାଚ୍ ଭାଙ୍ଗି ଯାଇଛି। ଗଲା ବେଳେ ସେମାନେ ବବି ଭାଇ ଜିନ୍ଦାବାନ ନାରା ପକାଇଥିଲେ। ଏମିତିକି ବିଜେପି ନେତା ଯାଜପୁରକୁ ଆସିଲେ ମାଡ ଖାଇବେ ବୋଲି କହିଥିଲେ।

## ନଭେମ୍ବର ୨୫ ପର୍ଯ୍ୟନ୍ତ ବଢ଼ିଲା ଯୁକ୍ତଦୁଇ ଫର୍ମ ପୂରଣ ଅବଧି




ଭୁବନେଶ୍ୱର,(ପି.ଏନ): ଯୁକ୍ତଦୁଇ ପରୀକ୍ଷାକୁ ନେଇ ଆଜି ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ (ସିଏଚ୍‌ଏସଇ) ପକ୍ଷରୁ କାର୍ଯ୍ୟସୂଚୀ ଜାରି କରାଯାଇଛି । ଫେବୃଆରୀ ୧୮ ତାରିଖରୁ ପରୀକ୍ଷା ଆରମ୍ଭ ହୋଇ ମାର୍ଚ୍ଚ ୨୭ ତାରିଖ ପର୍ଯ୍ୟନ୍ତ ଚାଲିବ । ୧୮ରେ ବିଜ୍ଞାନ ବିଭାଗର ଏମଆଇଏଲ୍ ଓଡିଆ ପରୀକ୍ଷା, ୧୯ରେ କଳା ଓ ବାଣିଜ୍ୟ ବିଭାଗର ଛାତ୍ରଛାତ୍ରୀଙ୍କର ଓଡିଆ ପରୀକ୍ଷା ହେବ । କଳା, ବିଜ୍ଞାନ, ବାଣିଜ୍ୟ ଓ ଧନ୍ଦାମୂଳକ ପତ୍ରବିନିମୟ ପରୀକ୍ଷା ଅନୁଷ୍ଠିତ ହେବ । ଏଥର ପରୀକ୍ଷାକୁ ଶୃଙ୍ଖଳିତ କରିବା ପାଇଁ ସିଏଚ୍‌ଏସଇ ପକ୍ଷରୁ ଗୁରୁତ୍ୱ ଦିଆଯାଇଛି । ଡିସେମ୍ବର ୨୩ରୁ ୩୦ ତରିଖ ପର୍ଯ୍ୟନ୍ତ ଇଣ୍ଟରନାଲ ପରୀକ୍ଷା ପ୍ରୋଜେକ୍ଟ ପରୀକ୍ଷା ଅନୁଷ୍ଠିତ ହେବ । ସେହିପରି ଜାନୁଆରୀ ୨ରୁ ୧୨ ତାରିଖ ମଧ୍ୟରେ ପ୍ରାକ୍ଟିକାଲ ପରୀକ୍ଷା ଅନୁଷ୍ଠିତ ହେବା ନେଇ ପୂର୍ବରୁ ପରୀକ୍ଷା ସୂଚୀ ପ୍ରକାଶ ପାଇଥିଲା ।ତେବେ ଯୁକ୍ତଦୁଇ ପରୀକ୍ଷା ପାଇଁ ଫର୍ମ ପୂରଣ ଅବଧିକୁ ନଭେମ୍ବର ୨୫ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି । ଉଭୟ ରେଗୁଲାର ଓ ଏକ୍ସ-ରେଗୁଲାର ଛାତ୍ରଛାତ୍ରୀମାନେ ନଭେମ୍ବର ୨୦ ତାରିଖଠାରୁ ଏନେଇ ଆବେଦନ କରିପାରିବେ । ୬ ଶହ ଟଙ୍କା ଫାଇନ୍ ସହ ୨୬ ତାରିଖ ସୁଦ୍ଧା ଆବଶ୍ୟକ ଫିସ୍ ଦାଖଲ କରିବେ । ଫର୍ମ ପୂରଣ ପାଇଁ ଏହା ଛାତ୍ରଛାତ୍ରୀଙ୍କ ପାଇଁ ଶେଷ ସୁଯୋଗ ବୋଲି ସିଏଚ୍ଏସଇ ପକ୍ଷରୁ ସ୍ପଷ୍ଟ କରାଯାଇଛି । ଏ ବାବଦରେ ପରିଷଦ ଅନୁବନ୍ଧିତ ସମସ୍ତ ଶିକ୍ଷାନୁଷ୍ଠାନକୁ ପରୀକ୍ଷା ନିୟନ୍ତ୍ରକ ଅବଗତ କରିଛନ୍ତି ।

## ୨୪ରେ ବାତ୍ୟା ଦାନାର କ୍ଷୟକ୍ଷତି ଆକଳନ କରିବାକୁ ଆସିବେ ୭ ଜଣିଆ କେନ୍ଦ୍ରୀୟ ଟିମ

ଭୁବନେଶ୍ୱର,୨୦।୧୧(ପି.ଏନ): ବାତ୍ୟା ଝଡରେ ଉତ୍ତର ଓ ଉତ୍ତର ପୂର୍ବ ଓଡିଶା ବହୁତ କ୍ଷତିଗ୍ରସ୍ତ ହୋଇଛି । ଏହି କ୍ଷୟକ୍ଷତିର ଆକଳନ କରିବାକୁ ୨୪ତାରିଖରେ ଆସିବେ କେନ୍ଦ୍ରୀୟ ଟିମ । ଟିମ ଓଡିଶାରେ ୨୪ରେ ପହଞ୍ଚିବା ପରେ ଅନୁଧ୍ୟାନ କରିବେ ବୋଲି ଆଜି ସୂଚନା ଦେଇଛନ୍ତି ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ ।ପୂଜାରୀ ବୁଧବାର ଗଣମାଧ୍ୟମକୁ ସୂଚନା ଦେଇଛନ୍ତି କି, ବାତ୍ୟ ଦାନାର କ୍ଷୟକ୍ଷତି ଆକଳନ କରିବାକୁ ଆସନ୍ତା ୨୪ରେ ୭ ଜଣିଆ କେନ୍ଦ୍ରୀୟ ଟିମ ଆସି ଭୁବନେଶ୍ୱରରେ ପହଞ୍ଚିବେ । ଏହି ଟିମ ଗୃହ ବିଭାଗର ଯୁଗ୍ମ ସଚିବ ପି କେ ରାୟଙ୍କ ନେତୃତ୍ୱରେ କ୍ଷତିର ଅନୁଧ୍ୟାନ କରିବେ । ଟିମ ଏହା ପରେ ୨୬ ତାରିଖ ଯାଏ ଟିମ ବାତ୍ୟା ପ୍ରଭାବିତ ଜିଲ୍ଲାରେ ଅନୁଧ୍ୟାନ କରିବେ । ଅନୁଧ୍ୟାନ ପରେ ଟିମ ଭୁବନେଶ୍ୱର ଫେରିବ । ଭୁବନେଶ୍ୱରରେ ସେହି ଦିନ ଅଧିକାରୀଙ୍କ ସହ ଆଲୋଚନା ହେବ । ଏହା ପରେ ଟିମ ୨୭ରେ ଦିଲ୍ଲୀ ଫେରିଯିବେ ।ଟିମ ଯିବା ପରେ ଖୁବ ଶୀଘ୍ର ବାତ୍ୟା ଦାନରେ ପ୍ରଭାବିତ ଲୋକଙ୍କୁ ସେମାନଙ୍କ କ୍ଷତିପୂରଣ ମିଳିବ ବୋଲି କହିଛନ୍ତି ମନ୍ତ୍ରୀ ପୂଜା

## ସରିଲା ଭୋଟ: ଆସିଲା ଏକଜିଟ ପୋଲ୍



ଭୁବନେଶ୍ୱର,୨୦।୧୧(ପି.ଏନ): ମହାରାଷ୍ଟ୍ର ଓ ଝାରଖଣ୍ଡର ସମସ୍ତ ବିଧାନସଭା ଆସନ ପାଇଁ ଭୋଟ ଶେଷ ହୋଇଛି। ଭୋଟ ଶେଷ ହେବା ମାତ୍ରେ ବିଭିନ୍ନ ସଂସ୍ଥା ପକ୍ଷରୁ କରାଯାଇଥିବା ଏକଜିଟ ପୋଲ ରେଜଲ୍ଟ ମଧ୍ୟ ସାମ୍ନାକୁ ଆସିଛି।ବିଭିନ୍ନ ଏକଜିଟ ପୋଲର ଆକଳନ କହୁଛି ମହାରାଷ୍ଟ୍ରରେ ବିଜେପି ନେତୃତ୍ୱାଧୀନ ମହାଯୁତି ପୁଣି ସରକାର ଗଠନ କରିବ। ଏଯାଏ ୮ଟି ସଂସ୍ଥା ସେମାନଙ୍କର ଏକଜିଟ ପୋଲ ରେଜଲ୍ଟ ପ୍ରକାଶ କରିଛନ୍ତି। ଏହା ମଧ୍ୟରୁ ୩ଟି ସଂସ୍ଥାର କହିବା କଥା ଯେ ମହାରାଷ୍ଟ୍ରରେ ଝୁଲା ବିଧାନସଭା ହୋଇପାରେ।

## ଦଶମ ଓ ଦ୍ୱାଦଶ ଶ୍ରେଣୀ ବୋର୍ଡ ପରୀକ୍ଷା ତାରିଖ ଘୋଷଣା କଲା ସିବିଏସଇ



ଭୁବନେଶ୍ୱର,୨୦।୧୧(ପି.ଏନ): କେନ୍ଦ୍ରୀୟ ମାଧ୍ୟମିକ ଶିକ୍ଷା ବୋର୍ଡ (ସିବିଏସ୍‌ଇ) ଦଶମ ଏବଂ ଦ୍ୱାଦଶ ବୋର୍ଡ ପରୀକ୍ଷା ପାଇଁ ତାରିଖ ଘୋଷଣା କରିଛି। ଦଶମ ଶ୍ରେଣୀ ଓ ଦ୍ୱାଦଶ ଶ୍ରେଣୀ ବୋର୍ଡ ପରୀକ୍ଷା ୨୦୨୫ ଫେବୃଆରୀ ୧୫ରୁ ଆରମ୍ଭ ହେବ। ସିବିଏସ୍‌ଇ ଏହାର ଆଧିକାରୀକ ୱେବସାଇଟ୍ 'cbse.gov.in'ରେ ପରୀକ୍ଷା ସୂଚୀ ପ୍ରକାଶ କରିଛି। ବିଦ୍ୟାଳୟ ଗୁଡ଼ିକୁ ପରୀକ୍ଷା ଦେବାକୁ ଥିବା ଛାତ୍ରଛାତ୍ରୀଙ୍କ ତାଲିକା କେନ୍ଦ୍ରୀୟ ମାଧ୍ୟମିକ ଶିକ୍ଷା ବୋର୍ଡରେ ଦାଖଲ କରିବାକୁ କୁହାଯାଇଛି।ଫେବୃଆରୀ ୧୫ରୁ ଆରମ୍ଭ ହେବାକୁ ଥିବା ଦଶମ ଶ୍ରେଣୀ ବୋର୍ଡ ପରୀକ୍ଷା ୧୮ ମାର୍ଚ୍ଚ ପର୍ଯ୍ୟନ୍ତ ଚାଲିବ। ପ୍ରଥମ ଦିନ ଇଂରାଜୀ ପରୀକ୍ଷା ଦେବେ ଛାତ୍ରଛାତ୍ରୀ। ସେହିଭଳି ଦ୍ୱାଦଶ ଶ୍ରେଣୀ ପରୀକ୍ଷା ଏପ୍ରିଲ ୪ ପର୍ଯ୍ୟନ୍ତ ଜାରି ରହିବ। ଦ୍ୱାଦଶ ଶ୍ରେଣୀ ପାଇଁ ଇଣ୍ଟରପ୍ରେନ୍ୟୋରଶିପ ପରୀକ୍ଷା ଫେବୃଆରୀ ୧୫ରେ ଅନୁଷ୍ଠିତ ହେବାକୁ ଥିବାବେଳେ ଫେବୃଆରୀ ୧୭ରୁ ବିଷୟ-ନିର୍ଦ୍ଦିଷ୍ଟ ପରୀକ୍ଷା ଆରମ୍ଭ ହେବ।

## ଚାନ୍ଦା ଏକାଠି କରି ରାସ୍ତା ନିର୍ମାଣ କଲେ ଗ୍ରାମବାସୀ, ପ୍ରଶାସନ ଦେଖି କାବା



ଗଞ୍ଜାମ,୨୦।୧୧(ପି.ଏନ): ୨୪ ବର୍ଷର ସରକାର ବିକାଶର ଖାଲି ଡିଣ୍ଡିମ ପିଟି ଚାଲିଥିଲା । କିନ୍ତୁ ଏବେ ବି ଅନେକ ଉପାନ୍ତ ଅଞ୍ଚଳରେ ରାସ୍ତାଘାଟ ଠିକ୍ ନଥିବା ଯୋଗୁଁ ନାହିଁ ନଥିବା ଅସୁବିଧା ଭୋଗୁଛନ୍ତି ଗ୍ରାମବାସୀ । ବାରମ୍ବାର ପ୍ରଶାସନକୁ ଏବିଷୟରେ ଅବଗତ କରାଇବା ପରେ ମଧ୍ୟ କିଛି ସୁଫଳ ମିଳିପାରିନଥିଲା । ଗଞ୍ଜାମରୁ କନ୍ଧମାଳକୁ ସଂଯୋଗ କରୁଥିବା ରାସ୍ତାର ଏମିତି କିଛି ଦୃଶ୍ୟ ଦେଖିବାକୁ ମିଳିଛି ।ଗଞ୍ଜାମରୁ କନ୍ଧମାଳକୁ ସଂଯୋଗ କରୁଥିବା ରାସ୍ତା ଉପରେ ପ୍ରାୟ ୨୦ ଖଣ୍ଡ ଗାଁ ଲୋକେ ନିର୍ଭର କରନ୍ତି । ଶାସନ କାଳ ମଧ୍ୟରେ ମାତ୍ର ୨-୩ କିମି ରାସ୍ତା ତିଆରି କରି ପାରିନଥିଲା ପୂର୍ବ ସରକାର । ଏହି ରାସ୍ତାର ଅବସ୍ଥା କହିଲେ ନସରେ । କିନ୍ତୁ ପ୍ରଶାସନର ଦାୟିତ୍ୱହୀନତା ସାମ୍ନାରେ ହାର ମାନିଲେନି ଗାଁର ମହିଳା । ଏକାଠି ହୋଇ ନିଜେ ପଥର ଟେକିଲେ । ନିଜେ କୋଦାଳ ଧରି ମାଟି ଖୋଳିଲେ । ଦୁଇରୁ ୩ କିଲୋମିଟର ରାସ୍ତାକୁ ସୁନ୍ଦର କରିବାରେ ଲାଗି ପଡିଛନ୍ତି ମହିଳା । ସାଇକେଲଟିଏ ଧରି ବି ଏହି ରାସ୍ତାରେ ଯିବା ସମ୍ଭବ ନୁହେଁ । କନ୍ଧମାଳ ଜିଲ୍ଲା ରାଇକିଆ ବ୍ଲକର ରଣବା, କରଡ଼ା, ଇନ୍ଦ୍ରଗଡ଼ ଭଳି ତିନୋଟି ପଞ୍ଚାୟତର ବାଦଗଡ଼,ନୂଆଁ କାନସୁରୁ, ପୁରୁଣା କାନସୁରୁ, ନୂଆଁପଲ୍ଲୀ, ଡେଙ୍ଗାଖମଣ, ବଡ଼ଖମଣ, ଗାନ୍ଧାରୀଭୁଇଁ, ମାଣ୍ଡିଆଖମଣ, ସିକରିଗୁଡା, ସଲପଗୁଡ଼ା, ପାଇକ ଗଣ୍ଡା, ବରଡ଼ା,ଇନ୍ଦ୍ରଗଡ଼ ,କଙ୍କଡମ୍ବା, ମାଙ୍କଡ଼ଗଣ୍ଡା, ଦାରଜୁ, ଭିତରଯୋଡ଼ି ଭଳି ଗ୍ରାମର ଲୋକମାନେ ଏହି ରାସ୍ତା ଦେଇ ସୋରଡ଼ାକୁ ନିଜର ବ୍ୟକ୍ତିଗତ କାମଠୁ ଆରମ୍ଭକରି ସ୍ୱାସ୍ଥ୍ୟ କେନ୍ଦ୍ରକୁ ଯିବା ଆସିବା କରିବାପାଇଁ ନିର୍ଭର କରନ୍ତି ଏହି ରାସ୍ତା ଏତେ ଖରାପ ଯେ ଗର୍ଭବତୀ ମହିଳା ମାନଙ୍କୁ ସୋରଡ଼ା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଆଣିବା ପାଇଁ ଅସୁବିଧା ହେବା ସହ ରାସ୍ତା ଖରାପ ଯୋଗୁଁ ଆମ୍ବୁଲାନ୍ସ ସେବାରୁ ମଧ୍ୟ ବଞ୍ଚିତ ରହୁଥିବା କହୁଛନ୍ତି ଗ୍ରାମବାସୀ ଓ ଆଶା କର୍ମୀ । ଏମିତି କି ମା ସହ ସନ୍ତାନ ହରାଇଥିବା କଥା ମଧ୍ୟ କେମେରା ସାମ୍ନାରେ କହିଛନ୍ତି ଆଶା କର୍ମୀ ।ବର୍ତ୍ତମାନ ଗ୍ରାମବାସୀ ଚାନ୍ଦା କରି ନିଜ ଖର୍ଚ୍ଚରେ ଏହି ରାସ୍ତାକୁ ନିର୍ମାଣ କରୁଥିବା ଦେଖିବାକୁ ମିଳିଛି । ହାତରେ କୋଡି କୋଦାଳ ,ଶାବଳ ଧରି ଶହ ଶହ ଆଦିବାସୀ ଏହି ରାସ୍ତା ନିର୍ମାଣ ପାଇଁ ଓହ୍ଲାଇଛନ୍ତି । ଏହା ସହ ବର୍ତ୍ତମାନର ସରକାରଙ୍କୁ ଅନୁରୋଧ କରିଛନ୍ତି ଏହି ରାସ୍ତା ଉପରେ ନଜର ପକେଇବା ସହ ତାହାର ସମ୍ପୁର୍ଣ୍ଣ ନିର୍ମାଣ କରିବା ପାଇଁ କ୍ଷ ଏହି ରାସ୍ତାଟି ନିର୍ମାଣ ହେଲେ ଏହି ତିନି ଖଣ୍ଡ ପଞ୍ଚାୟତର ୨୦ ଖଣ୍ଡ ଗ୍ରାମର ଗ୍ରାମବାସୀ ଉପକୃତ ହୁଅନ୍ତେ ।

## ଆମେରିକାରେ ପାଠ ପଢିବାକୁ ଆନ୍ଧ୍ର ଓ ତେଲେଙ୍ଗାନା ଛାତ୍ରଛାତ୍ରୀଙ୍କ ପ୍ରବଳ ଚାହିଦା

ନୂଆଦିଲ୍ଲୀ,୨୦।୧୧(ପି.ଏନ): ଆମେରିକାରେ ପାଠ ପଢିବାକୁ ଭାରତର ଦୁଇଟି ରାଜ୍ୟର ବହୁ ସଂଖ୍ୟକ ପିଲା ଆବେଦନ କରିଛନ୍ତି । ସର୍ବାଧିକ ସଂଖ୍ୟକ ଛାତ୍ରଙ୍କୁ ଆମେରିକା ପଠାଇବାରେ ଭାରତର ଆନ୍ଧ୍ରପ୍ରଦେଶ ଏବଂ ତେଲେଙ୍ଗାନା ଦେଶର ଅନ୍ୟାନ୍ୟ ରାଜ୍ୟକୁ ବହୁ ପଛରେ ପକାଇ ଦେଇଛନ୍ତି। ଆମେରିକାର କନସୁଲେଟ୍ ଜେନେରାଲ୍ ହାଇଦ୍ରାବାଦ ଦ୍ୱାରା ପ୍ରକାଶିତ ତଥ୍ୟ ଅନୁଯାୟୀ, ଦେଶରୁ ଆମେରିକା ଯାଇଥିବା ମୋଟ ଛାତ୍ରମାନଙ୍କ ମଧ୍ୟରୁ ୫୬ ପ୍ରତିଶତ ଆନ୍ଧ୍ରପ୍ରଦେଶ ଏବଂ ତେଲେଙ୍ଗାନାରୁ ଆସିଛନ୍ତି। ପରିସଂଖ୍ୟାନ ଅନୁଯାୟୀ, ଆମେରିକାରେ ଅଧ୍ୟୟନ ଭିସା ପାଇଥିବା ଛାତ୍ରମାନଙ୍କ ମଧ୍ୟରେ ସର୍ବାଧିକ ୩୪ ପ୍ରତିଶତ ତେଲେଙ୍ଗାନାର ହୋଇଥିବାବେଳେ ୨୨ ପ୍ରତିଶତ ଆନ୍ଧ୍ରର। ଏଥି ସହିତ ଭାରତୀୟ ଶିକ୍ଷାନୁଷ୍ଠାନରେ ଆମେରିକୀୟ ଛାତ୍ରଙ୍କ ସଂଖ୍ୟା ୩୦୦ ପ୍ରତିଶତରୁ ଅଧିକ ବୃଦ୍ଧି ପାଇଛି। ହାଇଦ୍ରାବାଦର ଆମେରିକାର କନସୁଲେଟ୍ ମୁଖ୍ୟ ରେବିକା ଡ୍ରମ ଏବଂ ଜନସମ୍ପର୍କ ଅଧିକାରୀ ଆଲେକ୍ସଜାଣ୍ଡାର୍ ମ୍ୟାକଲେରେନ୍ କହିଛନ୍ତି ଯେ ୨୦୨୩ ମସିହାରେ ପ୍ରାୟ ୩.୩୦ ଲକ୍ଷ ଭାରତୀୟ ଛାତ୍ର ଅଧ୍ୟୟନ ପାଇଁ ଆମେରିକା ଯାଇଥିଲେ, ସେଥିମଧ୍ୟରୁ ପ୍ରାୟ ୧.୮୦ ଲକ୍ଷ ଛାତ୍ର ଆନ୍ଧ୍ର ଏବଂ ତେଲେଙ୍ଗାନାର ହୋଇଥିବାବେଳେ ଆମେରିକୀୟ କନସୁଲେଟ୍ ମୁଖ୍ୟ କହିଛନ୍ତି ଯେ ଭାରତରେ କାର୍ଯ୍ୟ କରୁଥିବା କୌଣସି କନସୁଲେଟରେ ଏତେ ସଂଖ୍ୟକ ଭିସା ପ୍ରକ୍ରିୟାକରଣ କରାଯାଇ ନାହିଁ। ସେ କହିଛନ୍ତି ଯେ ଗତ ଦେଢ଼ ବର୍ଷ ମଧ୍ୟରେ କେବଳ ହାଇଦ୍ରାବାଦ କାର୍ଯ୍ୟାଳୟରେ କର୍ମଚାରୀ ଦ୍ୱିଗୁଣିତ ହୋଇଛନ୍ତି। ୨୦୨୫ ସୁଦ୍ଧା ଏହାକୁ ୩ ଗୁଣ ବୃଦ୍ଧି କରିବାର ଯୋଜନା ଅଛି ଯାହା ଦ୍ୱାରା ଆଗାମୀ ଭିସା ଆବେଦନ ପ୍ରକ୍ରିୟା ସହଜ ହେବ। ସୂଚନା ଅନୁଯାୟୀ, ଆମେରିକାର କନସୁଲେଟରେ ପ୍ରତିଦିନ ପ୍ରାୟ ୧୬୦୦ ଭିସା ପ୍ରକ୍ରିୟାକରଣ କରାଯାଉଛି, ଯାହା ସାହାଯ୍ୟରେ ଭାରତୀୟ ଯୁବକମାନେ ଆମେରିକାରେ ଅଧ୍ୟୟନ କରିବାର ସ୍ୱପ୍ନକୁ ପୂରଣ କରୁଛନ୍ତି। ଆସନ୍ତା ବର୍ଷ ଫେବୃଆରୀ ସୁଦ୍ଧା ଏହି ସଂଖ୍ୟାକୁ ଅଢେଇ ହଜାରକୁ ବୃଦ୍ଧି କରିବାକୁ ଏକ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି। ପରିସଂଖ୍ୟାନ ଅନୁଯାୟୀ, ୨୦୨୩ ମସିହାରେ, ସେହି କନସୁଲେଟ୍ ସମର ସ୍ଟୁଡେଣ୍ଟ ଭିସା ପାଇଁ ୩୫୦୦୦ ସାକ୍ଷାତକାର କରିଥିଲା । ତେବେ ବର୍ତ୍ତମାନ ପର୍ଯ୍ୟନ୍ତ ୨୦୨୪ରେ ଛାତ୍ର ଭିସା ପାଇଁ ୪୭୦୦୦ରୁ ଅଧିକ ଛାତ୍ରଙ୍କୁ ସାକ୍ଷାତକାର ନିଆଯାଇଛି। ଅର୍ଥାତ୍ ଗତ ବର୍ଷ ତୁଳନାରେ ବର୍ତ୍ତମାନ ପର୍ଯ୍ୟନ୍ତ ୧୨ ହଜାର ଅଧିକ ଭିସା ସାକ୍ଷାତକାର ହୋଇଛି ।

## ଝାରଖଣ୍ଡ ଏକଜିଟ ପୋଲ: ଆକ୍ସିସ ମାଇଁ ଇଣ୍ଡିଆକୁ ଛାଡି ଆଉ ସମସ୍ତେ କହିଲେ ବିଜେପି ଜିତିବ



ଭୁବନେଶ୍ୱର,୨୦।୧୧(ପିଏନ): ମହାରାଷ୍ଟ୍ର ସମେତ ଆଜି ଝାରଖଣ୍ଡରେ ମଧ୍ୟ ଦ୍ୱିତୀୟ ପର୍ଯ୍ୟାୟରେ ବାକି ଥିବା ସମସ୍ତ ବିଧାନସଭା ଆସନ ପାଇଁ ଭୋଟ ଶେଷ ହୋଇଛି। ସନ୍ଧ୍ୟା ୬ଟାରେ ଇଭିଏମ ସିଲ ହେବା ପରେ ବିଭିନ୍ନ ସଂସ୍ଥା ପକ୍ଷରୁ ଏକଜିଟ ପୋଲ ରେଜଲ୍ଟ ପ୍ରକାଶ କରାଯାଇଛି।








# ଟି ଟାଇମ୍

## ମୋକ୍ଷ ପାଇଁ ଦ୍ୱିତୀୟ ଥର ଅନ୍ତିମ ସଂସ୍କାର

ତାମିଲନାଡୁର ପୂର୍ବତନ ମୁଖ୍ୟମନ୍ତ୍ରୀ ଜୟଲଳିତାଙ୍କ ମୃତ୍ୟୁପରେ ଏବେ ତାଙ୍କ ପରିବାର ଲୋକେ ଧିରେଧିରେ ଆଗକୁ ଆସୁଛନ୍ତି। ଜୟଲଳିତାଙ୍କୁ କବର ଦିଆଯାଇଥିବାର ବିରୋଧ କରି ସେମାନେ ମୋକ୍ଷ ନିମନ୍ତେ ଦ୍ୱିତୀୟ ଥର ପାଇଁ ଅନ୍ତିମ ସଂସ୍କାର କାର୍ଯ୍ୟ କରାଇଛନ୍ତି। ମଙ୍ଗଳବାର ଦିନ ସମ୍ପୂର୍ଣ୍ଣ ହିନ୍ଦୁ ରୀତିନୀତି ଅନୁସାରେ ମୋକ୍ଷ ପ୍ରାପ୍ତି ପାଇଁ ଶ୍ରୀରଙ୍ଗପଟ୍ଟନମର କାବେରୀ ନଦୀ କୂଳରେ ଦାହ ସଂସ୍କାର କରାଯାଇଥିଲା। ମୁଖ୍ୟ ପୂଜାରୀ ରଙ୍ଗନାଥ ଲଙ୍ଗର ଏହି କାର୍ଯ୍ୟକୁ ସମ୍ପର୍ଣ୍ଣ କରିଥିଲେ। ଦାହ ସଂସ୍କାରରେ ଜୟଲଳିତାଙ୍କ ଶବ ସ୍ଥାନରେ ଏକ କଣ୍ଢେଇକୁ ତାଙ୍କ ପ୍ରତିକୃତି ଭାବେ ଗ୍ରହଣ କରି ଦାହ କରାଯାଇଥିଲା। ଆସନ୍ତା ୫ଦିନ ପର୍ଯ୍ୟନ୍ତ ବାକି ଅନ୍ୟ ରୀତିନୀତି କରାଯିବ ବୋଲି କୁହାଯାଉଛି। ଏ ସମ୍ପର୍କରେ ଜୟଲଳିତାଙ୍କ ସମ୍ପର୍କୀୟ ଭାଇ ବରଦରାଜୁ କହିଛନ୍ତି ଯେ ଦଳ ପକ୍ଷରୁ ଯେଭଳି ଭାବେ ତାଙ୍କର ଶେଷ କୃତ୍ୟ କରାଗଲା ତାହା ଆଦୌ ଗ୍ରହଣୀୟ ନୁହେଁ। କ’ଣ ପାଇଁ ତାଙ୍କୁ ପୋତାଗଲା ଏବଂ କ’ଣ ପାଇଁ ଶେଷ କୃତ୍ୟ ସମୟରେ ପରିବାର ଲୋକଙ୍କୁ ଦୂରେଇ ରଖାଗଲା ତାହାର କାରଣ ଦଳ ସାର୍ବଜନୀନ କରିବା ଦରକାର। ଆମେ ପରିବାର ଲୋକେ ଏହାକୁ ବିରୋଧ କରି ଏଭଳି ଶେଷ କୃତ୍ୟ ସମ୍ପର୍ଣ୍ଣ କରିବାର ନିଷ୍ପତ୍ତି ନେଇଛୁ।

## ବିଶ୍ୱର ସବୁଠାରୁ ମହଙ୍ଗା ସୁଇଟର



ଏଜେନ୍ସୀ : ନ୍ୟୁୟର୍କ ଆମେରିକାରେ ତିଆରି ହୋଇଛି ବିଶ୍ୱର ସବୁଠାରୁ ମହଙ୍ଗା ସୁଇଟର। ଖ୍ରୀଷ୍ଟମାସ ପାଇଁ ବିଶେଷ ଭାବେ ଏହାକୁ ତିଆରି କରାଯାଇଥିଲା ବେଳେ ଏଥିରେ ଲଗାଯାଇଛି ଦାମି ହୀରା। ଏକ ଅନ୍‌ଲାଇନ୍ ଷ୍ଟୋରରେ ବିକ୍ରି ପାଇଁ ଉପଲବ୍ଧ ହେଉଥିବା ଏହି ସୁଇଟରର ମୂଲ୍ୟ ହେଉଛି ୨୦ଲକ୍ଷ ଟଙ୍କା। ଏହାକୁ ବିଶ୍ୱର ସବୁଠାରୁ ଦାମି ସୁଇଟରର ମାନ୍ୟତା ପ୍ରଦାନ କରାଯାଇଛି। ଏହି ଖ୍ରୀଷ୍ଟମାସ ସୁଇଟରରେ ସାନ୍ତାକ୍ଲଜର ଫଟୋ ଥିଲାବେଳେ ଲାଗିଛି ୨୪ହଜାରରୁ ଅଧିକ ହୀରା। ସୁଇଟର ତିଆରି କରୁଥିବା କମ୍ପାନୀ ଟିପ୍ସି ଏଲ୍‌ବେକ୍ସ ପକ୍ଷରୁ କୁହାଯାଇଛି ଯେ କ୍ରିଷ୍ଟାଲ ଓ ହୀରାରେ ପ୍ରସ୍ତୁତ ହୋଇଥିବା ଏହି ସୁଇଟରକୁ ତିଆରି ପାଇଁ ଲାଗିଥିଲା ୫୨ଘଣ୍ଟା।

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ



ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

# ପୁରାଣ କାହାଣୀ

## ମନ୍ଥରାଙ୍କ କୁମନ୍ତ୍ରଣା



ରାମଙ୍କ ଶିବଧନୁ ଭଙ୍ଗୁ କଲାପରେ ସତାଙ୍କୁ ଓ ଲକ୍ଷ୍ମଣ ଉର୍ମିଳାଙ୍କୁ ବିବାହ କରିବା ପରେ ଭାରତ ମାଣ୍ଡବୀଙ୍କୁ ଏବଂ ଶତ୍ରୁଘ୍ନ ଶ୍ରୃତକୀରଟିଙ୍କୁ ବିବାହ କଲେ। ଏହିପରି ଭାବରେ ରାଜା ଜନକଙ୍କ ପୁତ୍ରୀ ଓ ରାଜା ଦଶରଥଙ୍କ ପୁତ୍ରମାନେ ବିବାହ ମହା ଆଡମ୍ବରରେ ସମାହିତ ହେବା ପରେ ସମସ୍ତେ ବିଦାୟ ନେଇ ଫେରିବା ବାଟରେ ପ୍ରଭୁ ପର୍ଶୁରାମ ରାମଙ୍କ ବାଟ ଓଗାଳିଥିଲା ପରେ ରାମ ନିଜେ ପରମବ୍ରହ୍ମଙ୍କ ଅବତାର ଜାଣି କ୍ଷମା ପାର୍ଥନା କରିଥିଲେ ଓ ବାଟ ଛାଡି ଦେଇଥିଲେ। 1ରମ ସିତାଙ୍କର ବିବାହର କିଛି କାଳ ପରେ ବୃଦ୍ଧ ଦଶରଥ ରାମଙ୍କ ହାତରେ ରାଜ୍ୟଭାର ସମର୍ପି ଦେବାକୁ ଇଚ୍ଛା ପ୍ରକଟ କଲେ। ଏ ଖବର ଜାଣି କୋଶଳର ପ୍ରଜା ତଥା ରାଜାଙ୍କ ପାରିଷଦ ବୃନ୍ଦ ଅତ୍ୟନ୍ତ ଆନନ୍ଦିତ ହେଲେ। ହେଲେ ଏକଥା ଶୁଣି କୈକେୟୀଙ୍କ ଦାସୀ ମନ୍ଥରା କୈକେୟୀଙ୍କୁ କୁମନ୍ତ୍ରଣା ଦେବାକୁ ଆରମ୍ଭ କଲେ। ମନ୍ଥରା କଥାରେ କୈକେୟୀ ରାଜା ଦଶରଥଙ୍କୁ ଏକଦା ପ୍ରତିଜ୍ଞା କରିଥିବା ଦୁଇଟି ବର ପ୍ରଦାନ କରିବା ଛଳରେ ଏହି ଦୁଇ ମର ମାଗିଲେ ଯେ, ରାମ ବାର ବର୍ଷ ପାଇଁ ବନବାସ କରିବାକୁ ଯିବେ ଓ ତାଙ୍କ ପୁତ୍ର ଭରତ ରାଜା ହେବେ। ରାଜା ଦଶରଥ ଅତିଶୟ ଦୁଃଖରେ ତାଙ୍କ ସତ୍ୟ ରକ୍ଷା କଲେ।

## ଆନ୍ଧ୍ରନାଟ୍ୟମର କଳାକ୍ରିଷ୍ଣା



ଆନ୍ଧ୍ର ନାଟ୍ୟମର ଆଗଧାଡିର କଳାକାର ହେଉଛନ୍ତି କଳାକ୍ରିଷ୍ଣା । ସେ ପୁରୁଷ ହୋଇଥିଲେ ମଧ୍ୟ ମହିଳାଙ୍କ ବେଶରେ ମଞ୍ଚରେ ଦର୍ଶକଙ୍କୁ ମନ୍ତ୍ରମୁଗ୍ଧ କରି ଦିଅନ୍ତି । ଦର୍ଶକ ମଧ୍ୟ ଏହି କଳାକାରଙ୍କ ନୃତ୍ୟରେ ଆନନ୍ଦ ପାଆନ୍ତି । ସେ ଯେତେବେଳେ ମଞ୍ଚକୁ ଆସନ୍ତି ଦର୍ଶକ ତାଙ୍କୁ କରତାଳିରେ ସ୍ୱାଗତ କରନ୍ତି । ନୃତ୍ୟ ଶେଷରେ ମଧ୍ୟ ଦର୍ଶକମାନେ କରତାଳି ବର୍ଷାରେ ତାଙ୍କୁ ବିଦାୟ ଦିଅନ୍ତି । ଆନ୍ଧ୍ରନାଟ୍ୟମ ଆନ୍ଧ୍ରପେଦଶର ଏକ ମନ୍ଦିରରୁ ଆସିଛି । ଏହି ନୃତ୍ୟ ସ୍ଥାନୀ କଳା ଓ ସଂସ୍କୃତିର ଝଲକ ଦେଖିବାକୁ ମିଳେ । କଳାକ୍ରିଷ୍ଣା ମଧ୍ୟ ସ୍ଥାନୀ କଳା, ସଂସ୍କୃତି ଓ ଐତିହ୍ୟକୁ ତାଙ୍କ ନୃତ୍ୟ ମାଧ୍ୟମରେ ନିଖୁଣ ଭାବେ ପ୍ରାର୍ଧାନ କରି ଦେଶ ବିଦେଶରେ ସୁନାମ ଅର୍ଜନ କରିଛନ୍ତି । ସେ ପୁରାଣ ଯୁଗୀ ସତ୍ୟଭାମାଙ୍କ ଚରିତ୍ରକୁ ଦର୍ଶକଙ୍କ ପାଖରେ ପ୍ରଦର୍ଶନ କରିଥାଆନ୍ତି । କୃଷ୍ଣ ଏବଂ ସତ୍ୟଭାମାଙ୍କ ଭିତରେ ଗଢ଼ି ଉଠିଥିବା ସମ୍ପର୍କକୁ ସେ ନୃତ୍ୟ ମାଧ୍ୟମରେ ଭଲଭାବେ ପ୍ରଦର୍ଶନ କରୁଥିବାରୁ ତ ଆନ୍ଧ୍ର ନାଟ୍ରମରେ ତାଙ୍କର ଏକ ସ୍ୱତନ୍ତ୍ରତା ରହିଛି । ପୁଷ୍ପାଞ୍ଜଳୀରୁ କାର୍ଯ୍ୟକ୍ରମରୁ କଳାକ୍ରିଶଣା ନୃତ୍ୟ ଆରମ୍ଭ କରନ୍ତି । ଏହି ପରମ୍ପରା ପ୍ରଥମେ ଦେବଦାସୀ କରୁଥିଲେ ଭଗବାନ କୃଷ୍ଣଙ୍କ ପାଖରେ । ଦେବଦାସୀଙ୍କ ପଦାଙ୍କ ଅନୁସରଣ କରି କଳାକ୍ରିଷ୍ଣା ଏଭଳି ପ୍ରଦର୍ଶନ କରୁଥିବା ଜଣାପଡିଛି । ବିଶେଷ କରି ଜଣେ ପୁରୁଷ ହୋଇ ନାରୀ ବେଶରେ ନୃତ୍ୟ କରୁଥିବାରୁ ତାଙ୍କର ସ୍ୱତନ୍ତ୍ର କହିଲେ ନସରେ । ତାଙ୍କ ୬୦ ବର୍ଷ ଛୁଇଁଥିଲେ ବି ନୃତ୍ୟ ପ୍ରଦର୍ଶନରେ ସେ କେବେ କ୍ଲାନ୍ତ ଅନୁଭବ କରି ନାହାନ୍ତି ।

## ଦୁଦୁରା ଫୁଲର ଔଷଧୀୟ ଗୁଣ

ଶ୍ରାବଣ ମାସରେ ମହାଦେବଙ୍କଠାରେ ବିଲ୍ୱପତ୍ର, ଦୁଦୁରା ଏବଂ କ୍ଷୀର ଚଢ଼ାଇବାର ବିଶେଷ ମହତ୍ତ୍ୱ ରହିଛି । ଦୁଦୁରା ପୁଷ୍ପର ବିଶେଷତା ଓଉପଯୋଗ ଅଧିକ । ଆୟୁର୍ବେଦରେ ଦୁଦୁରାକୁ ବିଷ ବର୍ଗରେ ରଖା ଯାଇଛି । ଏହାର ବୀଜକୁ ଔଷଧ ରୂପେ ରଖାଯାଏ । ଅଧ ଲିଟର ସୋରିଷ ତେଲରେ ଦୁଦୁରା ପତ୍ରର ରସ ମିଶାଇ ଗରମ କରି ମୁଣ୍ଡରେ ଲଗାଇଲେ ଉକୁଣି ଲୋପ ପାଇଯାଇଥାଏ । ଦୁଦୁରା ପତ୍ରର ରସକୁ ସାମାନ୍ୟ ଗରମ କରି ଗଣ୍ଠି ସ୍ଥାନରେ ଲଗାଇ ପଟି ବାନ୍ଧି ରଖିଲେ ବିନ୍ଧାବାନ୍ଧି ଦୂର ହୋଇଯାଇ ଥାଏ । ଦୁଦୁରା ଗଛର ପତ୍ର, ଫୁଲ, ଫଳ, ତ୍ୱକ ଏବଂ କାଣ୍ଡର ରସକୁ ମିଶାଇ ରାଶି ତେଲରେ ପକାଇ ଗରମ କରି କାନରେ ପକାଇଲେ କାନ ପରିଷ୍କାର ହେବା ସହ କାନ ପିଡା କମିଯାଏ । ଦୁଦୁରା ମଞ୍ଜିର ପୋଡା ଅଂଶକୁ ଜ୍ୱର ସମୟରେ ଶରୀରରେ ଲଗାଇଲେ ଜ୍ୱର କମ ହୋଇ ଯାଇଥାଏ । ଦୁଦୁରା ଫଳର ଚୂର୍ଣ୍ଣକୁ ଅଧା ଚାମଚ ଗୁଆ ଘିଅ ଓ ମହୁ ସହ ମିଶାଇ ପ୍ରତିଦିନ ସେବନ କଲେ ସ୍ତ୍ରୀ ମାନଙ୍କର ପ୍ରସବ ଠିକ ସମୟରେ ହୋଇଥାଏ ।

## ମୋବାଇଲ ଗେମ ଶରୀର ପାଇଁ କ୍ଷତିକାରକ

ସ୍ମାର୍ଟ୍ ଫୋନ୍‌ରେ ବିଭିନ୍ନ ପ୍ରକାର ଗେମ୍ ଖେଳୁଥିବା ବ୍ୟକ୍ତି ଏବେ ସାବଧାନ ହୋଇଯାନ୍ତୁ । ଅଧିକାଂଶ ସମୟ ଦେଖିବାକୁ ମିଳେ ଯୁବପିଢ଼ି କ୍ୟାଣ୍ଡିକ୍ରସ୍ ଗେମ୍ ଖେଳିବାରେ ନିଜକୁ ଘଣ୍ଟା ଘଣ୍ଟା ଧରି ବ୍ୟସ୍ତ ରଖିଥାନ୍ତି । ଏପରିକି କେଉଁଠିକୁ ଯାତ୍ରା କରୁଥିବା ସମୟରେ, ସେ ଟ୍ରେନ୍ ହେଉ କିମ୍ବା ବସ୍ କ୍ୟାଣ୍ଡିକ୍ରସ୍‌ରେ ବ୍ୟସ୍ତ ରହିଥିବା ଲୋକମାନଙ୍କୁ ଦେଖିବାକୁ ମିଳେ । କିନ୍ତୁ କ’ଣ କେବେ ଭାବିଛନ୍ତି ଆପଣଙ୍କ ଏହି ଗେମ୍ ଖେଳିବାର ଅଭ୍ୟାସଟି ଆପଣଙ୍କ ପାଇଁ କ୍ଷତିକାରକ ସାବ୍ୟସ୍ତ ହେବ ? ନିକଟରେ ଆମେରିକାର କାଲିଫର୍ଣ୍ଣିଆରେ ଜଣେ ୨୯ବର୍ଷୀୟ ବ୍ୟକ୍ତି କ୍ୟାଣ୍ଡିକ୍ରସ ଖେଳିବାରେ ଏତେ ଅଭ୍ୟସ୍ତ ଥିଲେ ଯେ, ଘଣ୍ଟା ଘଣ୍ଟା ସମୟ କିପରି ଚାଲିଯାଉଥିଲା ସେ ଜାଣିପାରୁନଥିଲେ । ଅନେକ ସମୟ ଖେଳିବା ଦ୍ୱାରା ତାଙ୍କ ଆଙ୍ଗୁଠିରେ ରହିଥିବା ଟିସୁଟି ଫାଟିଯାଇଥିଲା । ଡାକ୍ତରଙ୍କ କହିବା ଅନୁସାରେ ବର୍ତ୍ତମାନ ଆଙ୍ଗୁଠିର ଅସ୍ତ୍ରୋପଚାର କରାଯିବ । ଅତ୍ୟଧିକ ଗେମ୍ ଖେଳିବା ଫଳରେ ସ୍ୱାସ୍ଥ୍ୟ ସମସ୍ୟା ସୃଷ୍ଟି ହୋଇପାରେ । ଯଦି ଗେମ୍ ଖେଳିବାର ଅଧିକ ସଉକ ଅଛି ତେବେ ପ୍ରତିଦିନ ଅଧ ଘଣ୍ଟାର ସମୟ କେବଳ ମୋବାଇଲ ଗେମ୍‌କୁ ଦିଅନ୍ତୁ । ଯେପରି ଏହାର କୌଣସି ଖରାପ ପ୍ରଭାବ ଆପଣଙ୍କ ଶରୀର ଉପରେ ନପଡ଼େ ।

# ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ଥି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।


**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।


**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

## ‘କର୍ଫି’ର ଚିତ୍ରକର ଅମିତା



ପିଲାଦିନରୁ ଶ୍ରବଣଶକ୍ତି ହରାଇଥିବା ଅମିତା କେବେ ବି ଏହାକୁ ନିଜ ସଫଳତାର ରାସ୍ତାରେ ବାଧକ ସାଜିବାକୁ ଦେଇନାହାନ୍ତି। ବାପା ମା’ ମଧ୍ୟ ଝିଅଙ୍କୁ ଆଗକୁ ବଢ଼ିବା ପାଇଁ ଖୁବ୍ ପ୍ରେରଣା ଦେଇଛନ୍ତି। ସାଧାରଣ ସ୍କୁଲରେ ପଢ଼ିବାର ସୁଯୋଗ ନ ମିଳିବାରୁ ନ୍ୟାସନାଲ ଇନଷ୍ଟିଚ୍ୟୁଟ ଅଫ୍ ଓପନ ସ୍କୁଲିଂ ଅଧିନରୁ ସ୍କୁଲ ଶିକ୍ଷା ଶେଷ କରିଥିଲେ। ଏହାପରେ ଦିଲ୍ଲୀ ମହିଳା ପଲିଟେକନିକ୍‌ରେ ଦାଖଲା ନେଇଥିଲେ ଇଣ୍ଟିରିୟର ଡିଜାଇନ କୋର୍ସରେ। ତିନିବର୍ଷର ଏହି କୋର୍ସ ଶେଷ କରିବାର କିଛିବର୍ଷ ମଧ୍ୟରେ ତାଙ୍କର ବିବାହ ହୋଇଥିଲା ଗୋରେଗାଓଁର ଚାରୁ ଦତ୍ତଙ୍କ ସହ। ଚାରୁ ମଧ୍ୟ ଅମିତାଙ୍କ ପରି ଶ୍ରବଣଶକ୍ତିହୀନ ଥିଲେ। କିଛିବର୍ଷ ମଧ୍ୟରେ ନିନାଦ ଓ ଧ୍ୱନ ନାମରେ ଦୁଇଟି ସନ୍ତାନ ହୋଇଥିଲେ ତାଙ୍କର। ପରିବାରର ଦାୟିତ୍ୱ ତୁଲାଉ ତୁଲାଉ ଅମିତାଙ୍କ ଚିତ୍ରଶିଳ୍ପୀର ପ୍ରତିଭା ଲୁଚି ଯାଉଥିଲା। ଯାହାକି ପିଲାଦିନରୁ ତାଙ୍କ ଭିତରେ ରହିଥିଲା। କୁହାଯାଏ ପ୍ରତିଭା ଦିନେ ନା ଦିନେ ବିକଶିତ ହୋଇଥାଏ। ଆଉ ଅମିତାଙ୍କ ପ୍ରତିଭାକୁ ବିକଶିତ କରିବାରେ ସହଯୋଗର ହାତ ବଢାଇଥିଲେ ତାଙ୍କ ଶାଶୂ ମା’। ତାଙ୍କ ପ୍ରେରଣା ପାଇ ଅମିତା ଗୋରେଗାଓଁର ସାବିତ୍ରୀ ପଲିଟେକନିକ୍ ରେ ଆର୍ଟ ଆଣ୍ଡ କ୍ରାଫ୍ଟରେ ଡିପ୍ଲୋମାରେ ନାମ ଲେଖାଇଥିଲେ। ଏଥିରେ ନାମ ଲେଖାଇବା ଯେପରି ତାଙ୍କ ସଫଳତାର ପ୍ରଥମ ପାହାଚ ଥିଲା। ଗୋଟିଏ ଦିନ କଲେଜରୁ ଫେରି ସେ ତାଙ୍କ ଶାଶୂ ମା’ଙ୍କୁ ନିଜର ଏକ ପେଣ୍ଟିଂ ଦେଖାଇଥିଲେ। ଯାହାକୁ ଦେଖିବା ପରେ ହତବାକ୍ ହୋଇଯାଇଥିଲେ ତାଙ୍କ ଶାଶୁମା’। କାରଣ ସେହି ପେଣ୍ଟିଂଟି କୌଣସି ରଙ୍ଗରେ ନୁହେଁ ବରଂ ସମ୍ପୂର୍ଣ୍ଣ ଭାବେ ପ୍ରସ୍ତୁତ ହୋଇଥିଲା କର୍ଫିରେ। ବୋହୂର ଏପରି ନିଆରା ପ୍ରତିଭାରେ ଖୁସି ହୋଇଯାଇଥିଲେ ଶାଶୂ ମା’ ଏବଂ ଆଗକୁ ବଢ଼ିବା ପାଇଁ ଦେଇଥିଲା ପ୍ରେରଣା। ତା’ପରଠାରୁ ଅମିତା କର୍ଫିରେ ଆଙ୍କି ଚାଲିଲେ ଅନେକ ଚିତ୍ର। ନିଜ ଚତୁଃପାର୍ଶ୍ୱରୁ ହିଁ ଅମିତାଙ୍କୁ ମିଳିଯାଏ ବିଷୟବସ୍ତୁ। ଯେପରିକି ଅଟୋ, ରିକ୍ସା, ରେସିଂ କାର୍ ଇତ୍ୟାଦିକୁ ନିଜ ଅଙ୍କନ ମାଧ୍ୟମରେ ଏକ ଭିନ୍ନ ରୂପ ଦେଇଥାନ୍ତି ଅମିତା। ଗଛ ଓ ଶୁଆ ପ୍ରତି ତାଙ୍କର ରହିଛି ଅଧିକ ଭଲପାଇବା। ଯାହାକୁ ନେଇ ସେ ଅଙ୍କନ କରିଛନ୍ତି ଅନେକ ଚିତ୍ର। କେବଳ ଏତିକି ନୁହେଁ ଜାତିର ପିତା ମହାତ୍ମା ଗାନ୍ଧୀ ଏବଂ ଚାର୍ଲି ଚାପଲିନଙ୍କ ପରି ବ୍ୟକ୍ତିଙ୍କର ମଧ୍ୟ ଅନେକ ଚିତ୍ର ଆଙ୍କିଛନ୍ତି। କର୍ଫିରେ ଚିତ୍ର ଅଙ୍କନ କରିବା ପାଇଁ ଅମିତାଙ୍କୁ କରିବାକୁ ପଡିଥାଏ ଅନେକ ପରିଶ୍ରମ। ମାତ୍ର ପରିଶ୍ରମ କରିବାରେ କେବେ ବି ହେଳା କରନ୍ତି ନାହିଁ ଅମିତା। ଧୀରେ ଧୀରେ ତାଙ୍କର ଏହି ପ୍ରତିଭା ଅର୍ଥ ରୋଜଗାରର ମାଧ୍ୟମ ବନିଗଲା। ବିଭିନ୍ନ ସହରରେ ପ୍ରଦର୍ଶନୀ କରି ପେଣ୍ଟିଂ ବିକ୍ରି କରିବାକୁ ଆରମ୍ଭ କଲେ ସେ। ତାଙ୍କ ପେଣ୍ଟିଂ ଗୁଡିକ ବିଦେଶୀ ପର୍ଯ୍ୟଟକଙ୍କ ଦ୍ୱାରା ମଧ୍ୟ ଆଦୃତ ହୋଇଥିଲା। ବିଦେଶର ଅନେକ କାର୍ଯ୍ୟକ୍ରମରେ ଅମିତାଙ୍କ ପେଣ୍ଟିଂ ପାଇଁ ଏକ ସ୍ୱତନ୍ତ୍ର ସ୍ଥାନ ମଧ୍ୟ ରହିଲା। ତାଙ୍କର ଏହି ସଫଳତା ପାଇଁ ୨୦୧୩ରେ ତାଙ୍କୁ ଶ୍ରେଷ୍ଠ ଆତ୍ମନିର୍ଭରଶୀଳ ଭିନ୍ନକ୍ଷମ ପାଇଁ ଜାତୀୟ ପୁରସ୍କାର ମଧ୍ୟ ମିଳିସାରିଛି। ଅମିତାଙ୍କ ଶାରୀରିକ ଅକ୍ଷମତା କେବେ ବି ତାଙ୍କୁ ଅସହାୟ କରିନାହିଁ। ତାଙ୍କ କହିବାନୁଯାୟୀ, ମଣିଷର ଦୃଢ଼ମନା ହିଁ ତାଙ୍କୁ ସମସ୍ତ ସମସ୍ୟାର ସମ୍ମୁଖୀନ ହେବା ପାଇଁ ସାହସ ଦେଇଥାଏ।

## ଡାଲିଜାତୀୟ ଫସଲ

ଛୁଇଁ ୮୦-୮୫ ଭାଗ ପାକଳ ହୋଇଗଲେ ଅମଳ କରି ଦିଅନ୍ତୁ । ଛୁଇଁ ଅଧିକ ଶୁଖି ଫାଟିଯିବା ଦ୍ୱାରା ମଞ୍ଜି ବାହାରି ବିଛାଡି ହୋଇପଡେ । ଆବଶ୍ୟକ ହେଲେ ଥରେ କିମ୍ବା ଦୁଇଥରରେ ପାକଳ ଛୁଇଁ ତୋଳି ନେଇ ସବୁଜ ଗଛକୁ ଚାଷ କରି ମାଟିରେ ମିଶାଇ ଦେବା ଭଲ । ଏହା ମାଟିକୁ ଉର୍ବର କରେ ।

-ଅମଳ ପରେ ମଞ୍ଜିକୁ ଭଲ ଭାବରେ ଖରାରେ ଶୁଖାଇ ଦିଅନ୍ତୁ । ସାଇତି ରଖିବା ବେଳକୁ ମଞ୍ଜିରେ ଶତକଡା ୧୦ଭାଗରୁ କମ୍ ଜଳୀୟଂଶ ରହିବା ଉଚିତ । ଏହି ସମୟରେ ବିହନ କି.ଗ୍ରା. ପ୍ରତି ୨ଗ୍ରାମ୍ ହିସାବରେ ସୋରିଷ ତେଲ କିମ୍ବା ରାଶି ତେଲ ଗୋଳାଇ ସାଇତି ରଖିଲେ ପୋକ ଲାଗିବା କମିଯାଏ ।




# ସଂରକ୍ଷିତ ଜଙ୍ଗଲରୁ ଟ୍ରାକ୍ଟର ଜବତ୍ କରି ବନବିଭାଗ ଛାଡିଦେଲା

କେନ୍ଦୁଝର(ପିଏନ)- କେନ୍ଦୁଝର ସଦର ରେଞ୍ଜ ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଅନ୍ତର୍ଗତ ଭାଲଘର ନାଳରୁ ବେଆଇନଭାବେ ବାଲି ଲୋଡ କରୁଥିବା ଏକ ଟ୍ରାକ୍ଟରକୁ ବନ ବିଭାଗ ଜବତ୍ କରି ପରେ ଛାଡି ଦେବା ଚର୍ଚ୍ଚାର ବିଷୟ ହୋଇଛି। ଟାଉନ ଫରେଷ୍ଟ ସେକ୍ସନ ଅନ୍ତର୍ଗତ ସଂରକ୍ଷିତ ଜଙ୍ଗଲ ଭିତରେ ଥିବା ଭାଲୁଘର ନାଳରୁ ଗୁରୁବାର ଅପରାହ୍ନରେ ବାଲି ଚୋରୀ ହେଉଥିବା ଖବର ପାଇ ସଦର ରେଞ୍ଜର ଅରବିନ୍ଦ ନାୟକ,ଟାଉନ ଫରେଷ୍ଟର ଭୂପତି ସେଠୀ,ବେଲଦା ଫରେଷ୍ଟ ଗାର୍ଡ ମିତ୍ରଭାନୁ ନାୟକ ଅନ୍ୟ ବନ କର୍ମଚାରୀଙ୍କ ସହ ଘଟଣାସ୍ଥଳକୁ ଯାଇ ବାଲି ବୋଝେଇ ଟ୍ରାକ୍ଟର ଗାଡି ଜବତ୍ କରିଥିଲେ। ପରେ ଜବତ୍ ଟ୍ରାକ୍ଟରକୁ ନରଣପୁର ଫରେଷ୍ଟ ଡିପୋରେ ରଖାଯାଇଥିଲା। ତେବେ ଶନିବାର ଦିନ ଭୋର ସମୟରେ ବନ କର୍ମଚାରୀ ଏବଂ ମାଫିଆ ମଧ୍ୟରେ ମୂଲଚାଲ ହେବା ପରେ ଉକ୍ତ ଗାଡିକୁ ଛାଡି ଦିଆଯାଇଥିବା ଅଭିଯୋଗ ହୋଇଛି। ନରଣପୁର ଫରେଷ୍ଟ ଡିପୋ ଭିତରେ ଥିବା ଟ୍ରାକ୍ଟର ଜବତ୍ ସମୟରେ ରେଜିଷ୍ଟ୍ରର ରେ ଲେଖା ଯାଇନଥିବାବେଳେ ସିଜର ଲିଷ୍ଟ କରାଯାଇନାହିଁ। ତେବେ ବିନା ଜିମାନାମରେ ଗାଡି କିପରି ଛଡା କିପରି ଛଡାଗଲା ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏ ନେଇ ଏସିଏଫ ଘନଶ୍ୟାମ ମହାନ୍ତଙ୍କ ସହ ଯୋଗଯୋଗ କରିବାରୁ ଗାଡି ଜବତ୍ ସମୟରେ ମୋତେ ଅବଗତ କରିନଥିବା କହିଛନ୍ତି। ଡିଏଫଓ ସ୍ୱୟମ ମଲ୍ଲିକଙ୍କ ସହ ଯୋଗାଯୋଗ କରିବାରୁ ଘଟଣାର ତଦନ୍ତ ପରେ ପଦକ୍ଷେପ ନିଆଯିବ। ସଦର ରେଞ୍ଜର ଅରବିନ୍ଦ ନାୟକଙ୍କ ସହ ଯୋଗଯୋଗ କରିବାରୁ ଜବତ୍ ଗାଡିର କାଗଜପତ୍ର ଯାଂଚ ପରେ ଛାଡି ଦିଆଯାଇଥିବା ପ୍ରକାଶ କରିଛନ୍ତି। ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଏବଂ ମଇଦାନକେଲ,ରଘୁନାଥପୁର ଏବଂ ନରଣପୁର ସଂରକ୍ଷିତ ଜଙ୍ଗଲରୁ ଲଘୁ ଖଣିଜ ସମ୍ପଦ ଅବାଧରେ ଚୋରୀ ହେଉଥିଲେ ହେଁ ବନ ବିଭାଗ ଜାଣି ଚୁପ ରହୁଥିବା ଅଭିଯୋଗ ହୋଇଛି। ସଂରକ୍ଷିତ ଜଙ୍ଗଲ ଭିତରେ ରାସ୍ତା କରି ମାଫିଆମାନେ ଜଙ୍ଗଲ ଧ୍ୱଂସ କରି ବାଲି, ପଥର, ମୋରମ ଚୋରୀ କରୁଥିବାବେଳେ ବନ ବିଭାଗ ନୀରବଦ୍ରଷ୍ଟା ରହୁଛି। ଏପରିକି ଉପରସ୍ଥ ଅଧିକାରୀ ନିୟମିତ ସଂରକ୍ଷିତ ଜଙ୍ଗଲ ପରିଦର୍ଶନରେ ଯାଉନଥିବାରୁ ଏହାର ସୁଯୋଗରେ ତଳତଳିଆ କର୍ମଚାରୀ ମାଫିଆଙ୍କ ସଲାସୁତୁରାରେ ଲଘୁ ଖଣିଜ ସମ୍ପଦ ଲୁଟ କାର୍ଯ୍ୟକୁ ପ୍ରୋତ୍ସାହନ କରୁଛନ୍ତି।

# ମଧୁଶାସନ ଗ୍ରାମର ଶ୍ରୀଦଧିବାବନଜୀଉଙ୍କ ସ୍ଥାବର,ଅସ୍ଥାବର ସମ୍ପତ୍ତି ହଡପ ଓ ଅର୍ଥ ଆତ୍ମସାତ ଅଭିଯୋଗ

କେନ୍ଦ୍ରାପଡା, (ପିଏନ)- ଜିଲ୍ଲାର ପାଟକୁରା ଥାନା ଅନ୍ତର୍ଗତ ମଧୁଶାସନ ଗ୍ରାମର ଅଧିଷ୍ଠାତା ଶ୍ରୀ ଦଧିବାବନଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତି ହଡପ କରାଯିବା ସହ ଅର୍ଥ ଆତ୍ମସାତ କରାଯାଇଥିବା ମଧୁଶାସନ ଗ୍ରାମପଂଚାୟତର ଅଧିବାସୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି। ଅଭିଯୋଗରୁ ପ୍ରକାଶ ଯେ ମଧୁଶାସନ ଗ୍ରାମର ଦୁର୍ଗା ପ୍ରସାଦ ଦାସ ନାମକ ଜନୈକ ବ୍ୟକ୍ତି ଚଂଚକତା କରି ଦେବୋତ୍ତର ବିଭାଗର କେତେକ ଅସାଧୁ କର୍ମଚାରୀଙ୍କୁ ହାତକରି ମଧୁଶାସନ ଗ୍ରାମର ଆରାଧ୍ୟ ଦେବତା ଶ୍ରୀ ଦଧିବାବନଜୀଉଙ୍କ ମନ୍ଦିର ପରିଚାଳନା ପାଇଁ ଏକ ଟ୍ରଷ୍ଟବୋର୍ଡ ଗଠନ କରି ନିଜେ ସେହି ବୋର୍ଡର ସଭାପତି ଭାବେ ପ୍ରାୟ ବର୍ଷକରୁ ଉର୍ଦ୍ଧ୍ୱ ହେବ ରହିଛନ୍ତି। ସେ ଶ୍ରୀଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତିକୁ ନିଜେ ଓ ନିଜର କିଛି ଅନ୍ଧ ସମର୍ଥକଙ୍କ ସହାୟତାରେ ହଡପ କରିବା ସହିତ ଶ୍ରୀଜୀଉଙ୍କ ଅର୍ଥ ଆତ୍ମସାତ କରୁଥିବା ଅଭିଯୋଗ ହୋଇଛି। ଶ୍ରୀଜୀଉଙ୍କ ପାଇଁ ବିଭିନ୍ନ ସମୟରେ ଦାତାମାନେ ଦାନ କରୁଥିବା ଅର୍ଥକୁ ମଧ୍ୟ ଆତ୍ମସାତ କରାଯାଉଥିବା ଅଭିଯୋଗ ହୋଇଛି। ଏପରିକି ଶ୍ରୀଜୀଉଙ୍କ ନାମରେ ଥିବା ସମ୍ପତି ମଧୁଶାସନ ମୌଜାର ଖାତା ନମ୍ବର - ୪୨୨,ପ୍ଲଟ ନମ୍ବର ୩୫୮୩ ଉପରେ ଥିବା ମୂଲ୍ୟବାନ ଶାଗୁଆନ ଗଛ ୩ଟିକୁ ରାତାରାତି କାଟି ବିକ୍ରୀ କରିବା ସହ ଖାତା ନମ୍ବର ୧୨୯୯,ପ୍ଲଟ ନମ୍ବର ୫୩୧୫ ଓ ୫୩୧୬/୫୫୯୨ ଉପରୁ ବହୁ ଦିନର ମୂଲ୍ୟବାନ ୧୦ଟି ତାଳଗଛକୁ କାଟି ବିକ୍ରୀ କରିଦେଇଥିବା ଅଭିଯୋଗ ହୋଇଛି। ସେହି ଗଛ ସବୁର ମୂଲ୍ୟ ଆନୁମାନିକ ପ୍ରାୟ ଏକଲକ୍ଷ ଟଙ୍କାରୁ ଉର୍ଦ୍ଧ୍ୱ ହେବ। ଅଭିଯୋଗକାରୀମାନେ ଏସମ୍ପର୍କରେ ଟ୍ରଷ୍ଟର ସଭାପତି ଶ୍ରୀ ଦାସଙ୍କୁ ପଚାରିବାରେ ଶ୍ରୀ ଦାସ ସେମାନଙ୍କୁ ଗୁଣ୍ଡା ଲଗାଇ ଧମକଚମକ ଦେବା ସହ ଜୀବନରୁ ମାରିଦେବାକୁ ଧମକପୂର୍ଣ୍ଣ ବାଣୀ ଶୁଣାଇଥିବା ଅଭିଯୋଗ ହୋଇଛି। ଏଥିସହିତ କେତେକ ଉଚ୍ଚପଦସ୍ଥ ସରକାରୀ ଅଧିକାରୀଙ୍କୁ ମିଛ କହି ଅଭିଯୋଗକାରୀମାନଙ୍କ ନାମରେ ଥାନାରେ ମିଥ୍ୟା ମାମଲା କରିବା ସହ ବିଭିନ୍ନ ମିଥ୍ୟା କେଶକରି ନାନା ପ୍ରକାର ଅସୁବିଧାରେ ପକାଉଥିବା ମଧ୍ୟ ଅଭିଯୋଗ ହୋଇଛି। ସେହି ଟ୍ରଷ୍ଟବୋର୍ଡରେ ଗରଦପୁର ତହସିଲଦାର ଓ ପାଟକୁରା ଥାନାର ଭାରପ୍ରାପ୍ତ ଇନିସପେକ୍ଟରଙ୍କୁ ସଦସ୍ୟ ଭାବରେ ରଖାଯାଇଥିବା ବେଳେ ଅଭିଯୋଗକାରୀଙ୍କ ପରିବାରର ୨/୩ଜଣଙ୍କ ନାମରେ ମିଥ୍ୟା ମାମଲା କରାଯାଉଥିବା ସହ ସେହି ପରିବାରର ମହିଳାମାନଙ୍କ ପ୍ରତି ଅସଦାଚରଣ କରିବାକୁ ମଧ୍ୟ ଟ୍ରଷ୍ଟର ସଭାପତି ପଛାଉନଥିବା ଅଭିଯୋଗ ହୋଇଛି। ସଂପୃକ୍ତ ସଭାପତି ଭୁବନେଶ୍ୱରରେ ରହୁଥିବା ବେଳେ ଗ୍ରାମର ଅଧିକାଂଶ ଲୋକଙ୍କୁ ବିଭିନ୍ନ ମାଲିମକଦ୍ଦମାରେ ଛନ୍ଦି ହଇରାଣ କରିବା ସହ ଶ୍ରୀଜୀଉଙ୍କ ସମ୍ପତ୍ତି କୁ ହଡପ କରିବା ଓ ଅର୍ଥକୁ ଆତ୍ମସାତ କରୁଥିବା ଯୋଗୁଁ ଶ୍ରୀଜୀଉଙ୍କ ଦୈନନ୍ଦିନ ନୀତିକାନ୍ତିରେ ଘୋର ବାଧା ସୃଷ୍ଟି ହେଉଥିବା ଅଭିଯୋଗ ହୋଇଛି। ଏସମ୍ପର୍କରେ ବିଧିବଦ୍ଧ ତଦନ୍ତ କରାଯାଇ ଦୋଷୀ ବିରୋଧରେ ଦୃଢ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବାକୁ ଅସିତ କୁମାର ମହାନ୍ତି, ତାରକେଶ୍ୱର ତ୍ରିପାଠୀ,ପ୍ରମୋଦ କୁମାର ସାହୁ,ଚିତରଞ୍ଜନ ବାରିକ,ନିରଞ୍ଜନ ପଣ୍ଡା,ଭବାନିଶ ପଣ୍ଡା ପ୍ରମୁଖ ଅଭିଯୋଗକାରୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି।

# ଖଣିରେ ସ୍ଥାନୀୟ ନିଯୁକ୍ତି ନେଇ ଶ୍ରମିକଙ୍କ ଧରଣା





ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅନ୍ତର୍ଗତ ବଳଦା ଗ୍ରାମପଞ୍ଚାୟତର ସିଲ୍‌ଯୋଡା ସ୍ଥିତ କାସଭି ଇନ୍‌ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ ଖଣିରେ ବିଭିନ୍ନ ଦାବି କରି ଗ୍ରାମବାସୀ ମାନେ ମଙ୍ଗଳବାର ପୂର୍ବାହ୍ନରେ ଖଣି ଲିଜ ପରିସରରେ ଧାରଣା ଦେଇଥିବା ଜଣାପଡିଛି। ବିର୍ସାମୁଣ୍ଡା ଲେବର କନ୍‌ଟ୍ରାକ୍ଟ ଓ ଆଦିବାସୀ କଲ୍ୟାଣ ସମିତି ପକ୍ଷରୁ ଏହି ଧାରଣା ଦିଆଯାଇଥିବା ଖବର ମିଳିଛି। ପ୍ରଶାସନକୁ ଜଣାଇ କୋଭିଡ୍ ନିୟମକୁ ପାଳନ କରି ଖଣି ପ୍ରଭାବିତ ସିଲଯୋଡା, ଗୁରୁଡା, ତାଟପାଣି ପ୍ରଭୃତି ଗ୍ରାମର ଗ୍ରାମବାସୀ ମାନେ ବିଭିନ୍ନ ଦାବି କରି କାସଭି ଖଣି ପରିସରରେ ଧାରଣାରେ ବସିଛନ୍ତି। ପୂର୍ବରୁ ଏହି ଖଣିଟି ମାଙ୍ଗିଲାଲ ରୁଙ୍ଗଟାର ସିଲିଯୋଡା କାଳିମାଟି ଅଧୀନରେ ଥିଲା। ନିଲାମ ପ୍ରକ୍ରିୟାରେ ଅଧିକ ମୂଲ୍ୟ ଦେଇ କାସଭି ଇନଟରନ୍ୟାସନାଲ ପ୍ରାଇଭେଟ ଲିମିଟେଡ ଖଣି ହାତେଇବା ପରେ ପୂର୍ବରୁ ଖଣିରେ କାର୍ଯ୍ୟ କରୁଥିବା ଶ୍ରମିକ ମାନଙ୍କୁ ଓ ଅନ୍ୟାନ୍ୟ ଅଧିକାରୀ ମାନଙ୍କୁ ପୁନଃ ନିଯୁକ୍ତି ଦିଆଯାଇନଥିବାରୁ ଗ୍ରାମବାସୀ ମାନଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି। ଯୋଗ୍ୟତା ଥାଇ ମଧ୍ୟ ସ୍ଥାନୀୟ ଲୋକଙ୍କୁ ସାମାନ୍ୟ ସୁରକ୍ଷା କର୍ମୀ ଚାକିରୀ ମଧ୍ୟ ଦିଆଯାଉନାହିଁ। ଏହି ଖଣିରେ ନିଯୁକ୍ତିକୁ କେନ୍ଦ୍ର କରି ଗତ ସେପ୍ଟେମ୍ବର ମାସ ୨୫ ତାରିଖରେ ଏକ ହିଂସାତ୍ମକ ଆକ୍ରମଣ ଘଟଣା ଘଟିଥିଲା। ଖଣିର ଖଣି ସପକ୍ଷ ବାଦୀ ମାନେ ଏହି ଆକ୍ରମଣ ଭିଆଇଥିବା ଗ୍ରାମବାସୀ ସୁଶାନ୍ତ ଖିଲାର, ସୁବିଦାର ଗାଗରାଇ, ଯୋସେ' ବେଙ୍ଗରା, ବିକାଶ ମହାକୁଡ ପ୍ରମୁଖ ଅଭିଯୋଗ କରିଛନ୍ତି। ସ୍ଥାନୀୟ ମହିଳା ମିନା କୁମାରୀ ସିଂ, ମୁସକୁନି ସଏ, ସରସ୍ୱତୀ ପିଙ୍ଗୁଆ, ସୁମିତ୍ରା ଗଇପାଇ, ସଙ୍ଗିତା ପିଙ୍ଗୁଆ, ଚାମାନୁ ଲାକ୍ରା, ଡାଳିମ୍ବ ଗାଗରାଇ, ରିଙ୍ଗି ହେମ୍ବ୍ରମ ପ୍ରମୁଖ ଲୁହ ଓ କୋହଭରା କଣ୍ଠରେ କହିଛନ୍ତି ଯେ ଦୀର୍ଘ ୬ ରୁ ୭ ମାସ ହେଲାଣି ଖଣିରେ ନିଯୁକ୍ତି ନପାଇ ଭୋକ ଉପାସରେ ଦିନ କାଟୁଛନ୍ତି। ସ୍ଥାନୀୟ କାସଭି ଖଣି କମ୍ପାନୀ ଶ୍ରମିକ ମାନଙ୍କୁ ପୁନଃ ନିଯୁକ୍ତି ଦେଉନଥିବାରୁ ବେରୋଜଗାର ନିରାଶ ହୋଇ ଘରେ ରହିଛନ୍ତି। ଖଣିରେ କାର୍ଯ୍ୟ କରି ଜିବୀକା ନିର୍ବାହ କରୁଥିବାରୁ ବର୍ତ୍ତମାନ କାର୍ଯ୍ୟହରା ହୋଇ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହେଉଥିବା କହିଛନ୍ତି। ଗ୍ରାମର ନରେନ୍ଦ୍ର କୁମାର ପାତ୍ର ତାଙ୍କ ଅଭିଯୋଗରେ କହିଛନ୍ତି ଯେ, ସିଲଯୋଡା-କାଳିମାଟି ମାଙ୍ଗାନିଜ୍ ଆଇରନ୍ ମାଇନ୍ସ ଦୁଇଟି ଗ୍ରାମପଞ୍ଚାୟତ ନାମରେ ହୋଇଅଛି। ହେଲେ ଏହି ଦୁଇଟି ପଞ୍ଚାୟତ ବାସୀଙ୍କୁ କୌଣସି ସୁବିଧା ସୁଯୋଗ ମିଳିପାରୁନାହିଁ। ଆଦିବାସୀ କଲ୍ୟାଣ ସମିତିର ସଭାପତି ବିଦ୍ୟାସାଗର ରଣା, ସମ୍ପାଦକ ଭିମ ପିଙ୍ଗୁଆ କହିଛନ୍ତି ଯେ ଜିଲ୍ଲାପାଳ ଓ ଏସ୍‌ପିଙ୍କ ଠାରେ ଏ ସଂକ୍ରାନ୍ତରେ ଅଭିଯୋଗ କରାଯାଇଛି। ଜଙ୍ଗଲ ନେଲ, ଜମି ନେଲ, ପାଣି ନେଲ, ଆଦିବାସୀଙ୍କର ମୌଳିକ ସୁବିଧାରୁ କାସଭି ଖଣି କମ୍ପାନି ବଞ୍ଚିତ କଲ ଯଦି ଦମ୍ ନାହିଁ ତେବେ ସରକାରଙ୍କ ଠାରୁ ଖଣି ନେଲ କାହିଁକି ବୋଲି ଆଦିବାସୀ ନେତା ସେଲେଇ ତିରିଆ ପ୍ରକାଶ କରିଥିଲେ। ସେଠାରେ ଉପସ୍ଥିତ ଥିବା ଆଦିବାସୀ ଶ୍ରମିକ ନେତା ମାନେ କହିଥିଲେ ଯେ ଦାବି ପୂରଣ ନହେଲେ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଧାରଣା ଜାରି ରହିବ।

# ପାରାଦୀପ ବନ୍ଦର ପକ୍ଷରୁ ମିଳିତ ମେଗା ମକ୍ ଡ୍ରିଲ୍

ପାରାଦୀପ,(ପି.ଏନ): ପାରାଦୀପ ବନ୍ଦର ପ୍ରଶାସନ ପକ୍ଷରୁ ମଙ୍ଗଳବାର ଦିନ ମିଳିତ ମେଗା ମକ୍ ଡ୍ରିଲ୍ ଆୟୋଜିତ ହୋଇଯାଇଛି। ପାରାଦୀପ ବନ୍ଦର ସିଆଇଏସଏଫ୍ ପକ୍ଷରୁ ପାରାଦୀପ ମୁଖ୍ୟ ଅଗ୍ନି ନିର୍ବାପନ କେନ୍ଦ୍ରଠାରେ ଆୟୋଜିତ ମକ୍ ଡ୍ରିଲ୍‌ରେ ପାରାଦୀପ ବନ୍ଦର ସମେତ ଜିଲ୍ଲା ପ୍ରଶାସନ, ଏନଡିଆରଏଫ୍ ମୁଣ୍ଡୁଳିର ଅଧିକାରୀ ଓ କର୍ମଚାରୀମାନେ ସାମିଲ ହୋଇଥିଲେ। ଏହି ମକ୍ ଡ୍ରିଲ୍ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପାରାଦୀପ ବନ୍ଦର ଅଧକ୍ଷ ପି.ଏଲ୍.ହରନାଦ, ସମ୍ମାନୀତ ଅତିଥି ଭାବେ ଉପାଧକ୍ଷ ନିଲଭ୍ର ଦାସଗୁପ୍ତା ଏହି ସାଇଟ୍ ଲେଭଲ-୩ରେ ଯୋଗ ଦେଇଥିଲେ। ମେରାଇନ୍ ସାଇଟ୍ ଅଫିସ୍‌ରେ ଏକ ଭଙ୍ଗା ଗୃହ ମଧ୍ୟରୁ ବାତ୍ୟାରେ ଫସି ରହିଥିବା ବ୍ୟକ୍ତିଙ୍କୁ କିପରି ଉଦ୍ଧାର କରାଯାଇ ପାରିବ ତାହାର ନମୁନା ପ୍ରଦର୍ଶିତ ହୋଇଥିଲା। ଏହା ପରେ ରୋଷେଇ ଗ୍ୟାସ ଦୂର୍ଘଟଣାରୁ କିପରି ପ୍ରଶମନ କରାଯାଇ ପାରିବ ସେ ସମ୍ପର୍କରେ ମକ୍ ଡ୍ରିଲ୍ ପ୍ରଦର୍ଶନ କରାଯାଇଥିଲା। ପାରାଦୀପ ବନ୍ଦର ସମେତ ସହଯୋଗୀ ସଂସ୍ଥାର ଅଗ୍ନି ନିର୍ବାପନ କେନ୍ଦ୍ରର କର୍ମଚାରୀମାନେ ଏହି ମକ୍ ଡ୍ରିଲରେ ସାମିଲ ହୋଇଥିଲେ। ଏନଡିଆରଏଫ୍ ୩ୟ ବାଟାଲିୟାନ ମୁଣ୍ଡୁଳିର ଆସିଷ୍ଟାଣ୍ଡ କମାଣ୍ଡର ଗୌରବ ଜଗନାନୀ ମଲ୍ ଡ୍ରିଲ୍ ସମ୍ପର୍କରେ ସବିଶେଷ ସୂଚନା ଦେଇଥିଲେ। ଶେଷରେ ବନ୍ଦର ଅଧକ୍ଷ ଶ୍ରୀ ହରନାଦ ସମସ୍ତ ସହଯୋଗୀ ସଂସ୍ଥାମାନଙ୍କୁ ଧନ୍ୟବାଦ ଜଣାଇଥିଲେ।

# ଅଜଣା ଗାଡି ଧକ୍କାରେ ଜଣେ ମୃତ, ୨ ଗୁରୁତର

ହରିଚନ୍ଦନପୁର(ପିଏନ)- ହରିଚନ୍ଦନପୁର ଥାନା ଅନ୍ତର୍ଗତ ଖଡିବାହାଳି ଛକ ନିକଟରେ ଏକ ଅଜଣା ଗାଡି ଧକ୍କାରେ ଜଣେ ମୃତ ହୋଇଥିବା ବେଳେ ୨ଜଣ ଗୁରୁତର ଆହତ ହୋଇଛନ୍ତି ଏବଂ ଜଣେ ସାମାନ୍ୟ ଆହତ ହୋଇଛନ୍ତି। ମିଳିଥିବା ସୂଚନା ଅନୁଯାୟୀ ଯାଜପୁର ଜିଲ୍ଲା କାଳିଆପାଣି ଗ୍ରାମର ସୁଦର୍ଶନ ମହାକୁଡ(୩୮) ସ୍ତ୍ରୀ ଓ ୨ପିଲାଙ୍କ ସହ ମୟୂରଭଞ୍ଜ ଜିଲ୍ଲା ଶ୍ୱଶୁର ଘରକୁ ବୁଲିବାକୁ ଆସିଥିଲେ। ଆଜି ନିଜ ଗ୍ରାମ କାଳିଆପାଣିକୁ ଫେରୁଥିବା ବେଳେ ହରିଚନ୍ଦନପୁର ଥାନା ଖଡିବାହାଳି ଛକ ନିକଟରେ ଏକ ଅଜଣା ଗାଡି ତାଙ୍କୁ ଧକ୍କା ଦେଇଥିଲା। ଫଳରେ ସୁଦର୍ଶନ ମହାକୁଡଙ୍କ ଘଟଣାସ୍ଥଳରେ ହିଁ ମୃତ୍ୟୁ ଘଟିଥିଲା। ସ୍ତ୍ରୀ ରାଇମଣି ମହାକୁଡ (୩୬), ସାନପୁଅ ଚିନ୍ମୟ (୬) ଗୁରୁତର ଆହତ ହୋଇଥିବା ବେଳେ ବଡପୁଅ ରାହୁଲ (୮) ସାମାନ୍ୟ ଆହତ ହୋଇଥିବା ଜଣାପଡିଛି। ଆହତ ମାନଙ୍କୁ ଆମ୍ବୁଲାନ୍ସ ଯୋଗେ ହରିଚନ୍ଦନପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା

# ଦରଡିପାଳରେ ଶତାୟୁ ମହିଳାଙ୍କ ପରଲୋକ

ଘଷିପୁରା(ପିଏନ)- ଘଷିପୁରା ବ୍ଲକ ଦରଡିପାଳ ଗ୍ରାମରେ ସ୍ୱର୍ଗତ ନରସିହଂ ନାୟକଙ୍କ ଧର୍ମପତ୍ନୀ କ୍ଷେତ୍ରମଣୀ ନାୟକଙ୍କ ଆଜି ୧୦୫ ବର୍ଷ ବୟସରେ ପରଲୋକ ହୋଇଯାଇଛି। ତାଙ୍କର ମୃତ୍ୟୁ ଶଯ୍ୟା ନିକଟରେ ଦୁଇପୁଅ ଆନନ୍ଦ ଚନ୍ଦ୍ର ନାୟକ ଅବସରପ୍ରାପ୍ତ କୃଷି ପରିଦର୍ଶକ ଏବଂ ଦିବାକର ନାୟକ ଅବସରପ୍ରାପ୍ତ ବ୍ୟାଙ୍କ୍ ମ୍ୟାନେଜରଙ୍କ ସହିତ ସମସ୍ତ ନାତି ନାତୁଣୀ, ଅଣନାତି, ଅଣନାତୁଣୀ ଏବଂ ସାହିପଡିଶା ଉପସ୍ଥିତ ଥିବା ସହ ତାଙ୍କର ଶବ ସତ୍କାର କରାଯାଇଥିଲା। ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିଥିଲେ।

# ଯୋଡା ପୌରାଞ୍ଚଳରେ ସେପ୍ଟେଜ ବିଶୋଧନାଗାରର ଭିତ୍ତିପ୍ରସ୍ତର ସ୍ଥାପନ




ଯୋଡା(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରାଞ୍ଚଳର ୬ନଂ ୱାର୍ଡ ବାଚୁହାଟିଂ ଠାରେ ପୌରପାଳିକା ପକ୍ଷରୁ ୨୦କେଏଲଡି କ୍ଷମତା ବିଶିଷ୍ଟ ଏକ ସେପ୍ଟେଜ ଟ୍ରିଟମେଣ୍ଟ ପ୍ଲାଣ୍ଟର ଶୁଭ ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଛି। ଏହି ଟ୍ରିଟମେଣ୍ଟ ପ୍ଲାଣ୍ଟ ଯୋଡା ସହରର ସମସ୍ତ ଘରର ସେପ୍ଟି ଟ୍ୟାଙ୍କରୁ ନିଷ୍କାସିତ ମଇଳାକୁ ବିଶୋଧନ କରାଯାଇ ସ୍ୱଚ୍ଛ ଓ ସୁନ୍ଦର ପରିବେଶ ସୃଷ୍ଟି କରିବା ନିମନ୍ତେ ପୌରପାଳିକା ପକ୍ଷରୁ ଏହା କରାଯାଇଛି। ରାଜ୍ୟ ସରକାରଙ୍କ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ,ରାଜ୍ୟ ଜଳଯୋଗାଣ ବିଭାଗ ଏବଂ ସ୍ୱରେଜ ବୋର୍ଡ ଆନୁକୂଲ୍ୟରେ ଓଡିଶା କନଷ୍ଟ୍ରକସନ କମ୍ପାନୀ (ଓସିସି)କୁ ଟେଣ୍ଡର ମାଧ୍ୟମରେ ୨ କୋଟି ୬୪ ଲକ୍ଷ ୧୭ ହଜାର ଟଙ୍କା ବ୍ୟୟ ଅଟକଳରେ ୧୧ ମାସ ମଧ୍ୟରେ ସମ୍ପୂର୍ଣ୍ଣ କରିବା ପାଇଁ କାର୍ଯ୍ୟାଦେଶ ଦିଆଯାଇଛି। ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ମୁଖ୍ୟଅତିଥି ଭାବେ ନଗର ଉନ୍ନୟନ ବିଭାଗର ପ୍ରକଳ୍ପ ନିର୍ଦ୍ଦେଶକ ଘାସିରାମ ମୁର୍ମୁ ଯୋଗଦେଇ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ। ଏହି ପ୍ରକଳ୍ପ ହେବା ଦ୍ୱାରା ପୌରାଞ୍ଚଳର ସମସ୍ତ ୱାର୍ଡରେ ସେପ୍ଟି ଟାଙ୍କିର ମଇଳା ବିଶୋଧନ ହେବା ସହିତ ମାନ୍ୟବର ସର୍ବୋଚ୍ଚ ଅଦାଲତ ଓ ଜାତୀୟ ସବୁଜ ଟ୍ରିବ୍ୟୁନାଲଙ୍କ ଆଦେଶ ପାଳନ ହୋଇପାରିବ ବୋଲି ଯୋଡା ପୌରପାଳିକା କାର୍ଯ୍ୟ ନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟଯୋଶୀ ପ୍ରକାଶ କରିଥିଲେ। ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ଯୋଡା ପୌରପାଳିକାର ସମସ୍ତ ଅଧିକାରୀ,କର୍ମଚାରୀ,ସ୍ୱଚ୍ଛସାଥୀ ପ୍ରମୁଖ ଉପସ୍ଥିତ ଥିଲେ।

# ଭୂମିହୀନଙ୍କୁ ଜାଗା ପ୍ରମାଣ ପତ୍ର ପ୍ରଦାନ



ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକାରେ ଜାଗାମିଶନ ଯୋଜନାରେ ଏକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମଙ୍ଗଳବାର ପୂର୍ବାହ୍ନରେ ଓଡିଶା ସରକାରଙ୍କ ଜାଗା ମିଶନ୍ ଯୋଜନା ଶ୍ରେଣୀରେ ଅନ୍ତର୍ଭୁକ୍ତ ହିତାଧିକାରୀ ମାନଙ୍କୁ ଏହି ଅବସରରେ ଜମି ପ୍ରମାଣପତ୍ର ପ୍ରଦାନ କରାଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଚମ୍ପୁଆ ବିଧାୟିକା ମୀନାକ୍ଷୀ ମହାନ୍ତ ଯୋଗ ଦେଇଥିବା ବେଳେ ପୌରପାଳିକା କାର୍ଯ୍ୟନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟଯୋଶୀ, ଯୋଡା ବିକାଶ ପରିଷଦର ସଭାପତି ନିରଞ୍ଜନ ବହିଦାର, ପୂର୍ବତନ ଉପ-ନଗରପାଳ ସୁରେନ୍ଦ୍ରନାଥ ଜେନା ଉକ୍ତ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ। ଯୋଡା ପୌରପାଳିକାର ୧୪ଟି ୱାର୍ଡରେ ସମୁଦାୟ ୬୨୧୬ ଜଣ ଯୋଗ୍ୟ ହିତାଧିକାରୀଙ୍କୁ ଏହି ଯୋଜନାରେ ଅନ୍ତର୍ଭୁକ୍ତ କରାଯାଇଛି। ମଙ୍ଗଳବାର ଦିନ ତନ୍ମଧ୍ୟରୁ ବନେଇକଳା ଠାରେ ୧୭୫ ଜଣଙ୍କୁ ଭୂମିହୀନଙ୍କୁ ଜାଗା ପ୍ରମାଣପତ୍ର ପ୍ରଦାନ କରାଯାଇଥିବା ନିର୍ବାହୀ ଅଧିକାରୀ ଶ୍ରୀ ପାଟଯୋଶୀ ସୂଚନା ଦେଇଛନ୍ତି। ଏହି ଜମି ଗୁଡିକ ୩୨୩ ବର୍ଗ 'ଫୁଟରୁ ସର୍ବାଧିକ ୪୮୦ ବର୍ଗଫୁଟ ମଧ୍ୟରେ ଯୋଗାଇ ଦିଆଯିବ। ପରେ ଜାଗା ପ୍ରମାଣ ପତ୍ର ଦେବା ପରେ ଭୂମି ଅଧିକାର ପତ୍ର ଓ ୨ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସୁଧମୁକ୍ତ ଋଣ ଯୋଗାଇ ଦେବାର ସରକାରୀ ଯୋଜନା ରହିଥିବା ନିର୍ବାହୀ ଅଧିକାରୀ ପ୍ରକାଶ କରିଥିଲେ।

# ଡମ୍ଫର ମାଲିକଙ୍କ ଧାରଣା ପଞ୍ଚମ ଦିନରେ : ଉପଯୁକ୍ତ ସମାଧାନ ନକରିଲେ ଆଗାମୀ ଦିନରେ ବିକଳ୍ପ ପନ୍ଥାର ଚେତାବନୀ

ଯୋଡା,(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅଧୀନ ହେଁସାବେଡା ସ୍ଥିତ କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ଖଣି କମ୍ପାନୀ ଟ୍ରକ ମାଲିକ ସଂଘର ଦାବିକୁ ଉପେକ୍ଷା କରି ନିଜର ଖଣିକାର୍ଯ୍ୟ ଜାରି ରଖିଛି। ଖଣି ଲିଜ୍ ପରିସରରେ କାର୍ଯ୍ୟହରା ଡମ୍ଫର ମାଲିକ ମାନେ ଖଣିର ପରିବହନ କାର୍ଯ୍ୟରେ ଡମ୍ଫର ନିୟୋଜିତ କରିବା ଦାବିରେ ଦୀର୍ଘ ୫ ଦିନ ଧରି ଧାରଣାରେ ବସିଥିଲେ ହେଁ ଖଣି କର୍ତ୍ତୃପକ୍ଷନଦେଖିଲା ଭଳି ଉପେକ୍ଷା କରିଚାଲିଛି। ନୂତନ ଲିଜ ପାଇଥିବା କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ନିଜର ଖଣିଜ ପରିବହନ ପାଇଁ ବାହାର ଅଞ୍ଚଳର ଭାରୀଯାନ ଆଣି ପରିବହନ କରୁଥିବା ବେଳେ ସ୍ଥାନୀୟ ସଂଘର ଡମ୍ଫରକୁ ପରିବହନ କାର୍ଯ୍ୟ ଦେଉନାହିଁ। ଏନେଇ ସଂଘ ପକ୍ଷରୁ ଖଣି କର୍ତ୍ତୃପକ୍ଷଙ୍କୁ ବାରମ୍ବାର ଲିଖିତ ଭାବରେ ଦୃଷ୍ଟି ଆକର୍ଷଣ କରି କୌଣସି ସୁଫଳ ନପାଇବାରୁ ଗତ ୫ ତାରିଖରୁ ଧାରଣା ଆରମ୍ଭ କରିଥିଲେ। ଦୀର୍ଘ ୨୫ ବର୍ଷରୁ ଉର୍ଦ୍ଧ୍ୱ ହେବ ଏହି ସଂଘ ସ୍ଥାନୀୟ ଖଣି ପ୍ରଭାବିତ ଅଞ୍ଚଳର ଡମ୍ଫର ମାଲିକ ମାନଙ୍କୁ ନେଇ କାର୍ଯ୍ୟ କରି ଆସୁଅଛି।



ପୂର୍ବରୁ କାର୍ଯ୍ୟ କରୁଥିବା ଖଣି ଲିଜଧାରୀ ମାନେ ନିଜର ପରିବହନ କାର୍ଯ୍ୟ ପାଇଁ ସଂଘରୁ ଡମ୍ଫର ନେଇ ପରିବହନ କରୁଥିଲେ। ଯାହାଫଳରେ ପରୋକ୍ଷ ଏବଂ ପ୍ରତ୍ୟେକ୍ଷ ଭାବରେ ହଜାର ହଜାର ଲୋକ ଜିବୀକା ନିର୍ବାହ କରି ପାରୁଥିଲେ। ଉକ୍ତ ଖଣିର ପୂର୍ବ ଲିଜଧାରୀ ପଟ୍ଟନାୟକ ମିନେରାଲସ ପ୍ରାଇଭେଟ ଲିମିଟେଡ ଖଣିଜ ପରିବହନରେ ସ୍ଥାନୀୟ ସଂଘର ଡମ୍ଫରକୁ ପରିବହନରେ ନିୟୋଜିତ କରୁଥିଲେ। ମାତ୍ର ବର୍ତ୍ତମାନ ନୂତନଲିଜଧାରୀ କାସଭି ଖଣି ସଂଘକୁ ହେୟଜ୍ଞାନ କରି ବାହାର ଅଞ୍ଚଳର ଶତାଧିକ ଭାରୀଯାନ ଆଣି ପରିବହନ କାର୍ଯ୍ୟ କରୁଛି। ଯାହାଫଳରେ ଅଞ୍ଚଳର ଖଣି ପ୍ରଭାବିତ ଗାଡି ମାଲିକ ମାନେ ଜିବୀକା ହରାଇ ହତାଶ ହୋଇପଡିଛନ୍ତି ବୋଲି ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନର ସଭାପତି ଚତୁର୍ଭୁଜ ପଲେଇ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି। ବାରମ୍ବାର ଖଣି କର୍ତ୍ତୃପକ୍ଷଙ୍କୁ ଜଣାଇବା ସତ୍ତ୍ୱେ ମଧ୍ୟ କେହି କର୍ଣ୍ଣପାତ କରୁନାହାଁନ୍ତି। ଡମ୍ଫର ମାଲିକ ମାନେ କାର୍ଯ୍ୟ ନପାଇ ବସି ରହିଛନ୍ତି। ସେମାନଙ୍କର ପରିବାର ପ୍ରତିପୋଷଣ କରିବା ମଧ୍ୟ କଷ୍ଟସାଧ୍ୟ ହେଲାଣି। କରୋନା ମହାମାରୀ ପରିସ୍ଥିତିରେ କୌଣସି କାର୍ଯ୍ୟ ନପାଇ ଡମ୍ଫରରେ କାର୍ଯ୍ୟ କରୁଥିବା ଡ୍ରାଇଭର,ହେଲପର ଓ ସେମାନଙ୍କର ପରିବାର ବର୍ତ୍ତମାନ ଆର୍ଥିକ ସଂକଟରେ ଶିକାର ହେଲେଣି। ପରିବହନ କାର୍ଯ୍ୟ ହେତୁ ଅଞ୍ଚଳରେ ପ୍ରତ୍ୟେକ୍ଷ ଏବଂ ପରୋକ୍ଷରେ ନିର୍ଭରଶୀଳ ଥିବା ପ୍ରାୟ ଶତକଡା ୮୦ ପ୍ରତିଶତ ଲୋକ ପ୍ରଭାବିତ ହେଲେଣି। କୋଭିଡ-୧୯ ଗାଇଡ ଲାଇନ ରହିଥିବା ସତ୍ତ୍ୱେ ମଧ୍ୟ ଗାଡି ମାଲିକମାନେ ଏହି ନିୟମକୁ ପାଳନ କରି ଧାରଣାରେ ବସିଛନ୍ତି। ହେଲେ ଖଣି କର୍ତ୍ତୃପକ୍ଷ ୫ଦିନ ବିତିଯାଇଥିଲେ ହେଁ ଦାବି ପୂରଣ ନେଇ କୌଣସି ଆଲୋଚନା କରିବାକୁ ଆସିନଥିବା ବୋଲି ମାଟୋଆ ସମ୍ପାଦକ ସତ୍ୟପ୍ରିୟ ବାରିକ ତାଙ୍କ ପ୍ରତିକ୍ରିୟାରେ ପ୍ରକାଶ କରିଛନ୍ତି। ଯଦି ଖଣି କର୍ତ୍ତୃପକ୍ଷ ଏହାର ଉପଯୁକ୍ତ ସମାଧାନ ନକରନ୍ତି ତାହା ହେଲେ ଆଗାମୀ ଦିନରେ ବିକଳ୍ପପନ୍ଥା ଗ୍ରହଣ କରିବାକୁ ବଧ୍ୟ ହେବୁ ବୋଲି ପ୍ରେସ ବିବୃତ୍ତିରେ ଜଣାଇଛନ୍ତି। ତେଣେ କାସଭି ଖଣିର ଜନୈକ ବରିଷ୍ଠ ଅଧିକାରୀ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି ଯେ କାସଭି ଖଣି ନିକଟସ୍ଥ ଜୁରୁଡି ଠାରେ ଥିବା ଜୁରୁଡି ଟ୍ରକ ମାଲିକ ମାନଙ୍କ ସହ ସେମାନେ ଆଲୋଚନା କରି ହାଇଓ୍ୱା ଟ୍ରକ ମାଧ୍ୟମରେ ଖଣିଜ ପରିବହନ କାର୍ଯ୍ୟ କରୁଛନ୍ତି। ଏନେଇ ଯୋଡା ଠାରେ ଥିବା ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନ ସହ କୌଣସି ଆଲୋଚନା କରିବା ଆବଶ୍ୟକତା ନାହିଁ ବୋଲି ସେ କହିଥିଲେ।




## ମୋବାଇଲ୍ ଲୁଟ୍ ଘଟଣାରେ ଖସିଲେ ୨, ଗିରଫ ହେଲେ ୨

ଧର୍ମଶାଳା (ପିଏନ୍): ଧର୍ମଶାଳା ଥାନା ଚୋରମୁହାଁ ଗ୍ରାମର ପାର୍ଥସାରଥୀ ଦାଶଙ୍କ ମୋବାଇଲ୍ ଫୋନ୍‌କୁ କେତେକ ଦୁର୍ବୃତ୍ତ ଗତ ୧୦ ତାରିଖରେ ଖଣ୍ଡିତର ନିକଟ ଖରସ୍ରୋତା ବ୍ରିଜ୍‌ରେ ଛଡ଼ାଇ ନେଇଥିଲେ । ପାଣିକୋଇଲି ପଟୁ ଏକ ବାଇକ୍‌ରେ ଘରକୁ ଫେରୁଥିବା ବେଳେ ସେ ଲୁଟ୍‌ର ଶିକାର ହୋଇଥିଲେ । ତେବେ ୧୧ ତାରିଖରେ ଜାରକା ନିକଟ ବ୍ରାହ୍ମଣୀ ବ୍ରିଜ୍ ନିକଟରେ ଲୁଟେରାମାନଙ୍କୁ ଦେଖି ପାର୍ଥସାରଥୀ ସ୍ଥାନୀୟ ଲୋକମାନଙ୍କ ସହାୟତାରେ ଜଣଙ୍କୁ କାବୁ କରି ନେଇଥିଲେ । ଅନ୍ୟମାନେ ଫେରାର୍ ହୋଇ ଯାଇଥିଲେ । ପରେ ସଂପୃକ୍ତ ଲୁଟେରାକୁ ଲୋକେ ପୁଲିସ୍ ଜିମା ଦେଇଥିଲେ । ଲୁଟେରାର ସୂଚନା ଆଧାରରେ ପୁଲିସ୍ ଏଥିରେ ସଂପୃକ୍ତ ଥିବା ଅନ୍ୟ ତିନିଜଣ ସହଯୋଗୀଙ୍କୁ ଥାନାକୁ ଉଠାଇ ଆଣିଥିଲା । ଅଟକ ଚାରିଜଣଙ୍କ ମଧ୍ୟରୁ ସ୍ଥାନୀୟ ଅଂଚଳର ଦୁଇଜଣ ଯୁବକଙ୍କୁ ପୁଲିସ୍ ଗତକାଲି ଛାଡ଼ି ଦେଇଥିବା ବେଳେ ଅନ୍ୟ ୨ ଜଣଙ୍କୁ ଗିରଫ କରି ଚଣ୍ଡିଖୋଲ ଚାଲାଣ କରିଥିବା ଜଣାପଡ଼ିଛି । ଏହି ଲୁଟେରା ଦଳ ୧୬ ନମ୍ବର ଜାତୀୟ ରାଜପଥର ଚଣ୍ଡିଖୋଲ ଠାରୁ ପାଣିକୋଇଲି ମଧ୍ୟରେ ସୁନାଚେନ୍ ଓ ମୋବାଇଲ୍ ଲୁଟ୍ ଏବଂ ଗୋରୁ ଗାଡ଼ିରୁ ଦାଦାବଟି ଆଦାୟ କରୁଥିବା ଅଭିଯୋଗ ହେଉଥିଲା ।

### ମହିଳାଙ୍କୁ ଆକ୍ରମଣ ଅଭିଯୋଗରେ ଯୁବକ ଗିରଫ

ଧର୍ମଶାଳା (ପିଏନ୍): ଜେନାପୁର ଥାନା ଅନ୍ତର୍ଗତ କମାଗଡା ଗ୍ରାମର ଜଣେ ମହିଳାଙ୍କୁ ଠେଙ୍ଗାରେ ଆକ୍ରମଣ କରି ଲହୁଲୁହାଣ କରିବା ଅଭିଯୋଗରେ ପୁଲିସ ଜଣେ ଯୁବକକୁ ଗିରଫ କରି କୋର୍ଟ ଚାଲାଣ କରିଛି । ସୂଚନା ମୁତାବକ ସାମାନ୍ୟ ବଚସାକୁ କେନ୍ଦ୍ର କରି କମାଗଡ ଗ୍ରାମର ସାବିତ୍ରୀ ମଲିକ (୪୦)ଙ୍କୁ ପଡୋଶୀ ଅଂଟିଆ ଗ୍ରାମର ରଂଜନ ପ୍ରଧାନ (୨୦) ଠେଙ୍ଗାରେ ଆକ୍ରମଣ କରି ମୁଣ୍ଡ ଫଟାଇ ଦେଇଥିଲେ । ଫଳରେ ସେ ଗୁରୁତର ଆହତ ହେବାରୁ ପରିବାର ଲୋକେ ତାଙ୍କୁ ଗଡମଧୁପୁର ଡାକ୍ତରଖାନା ନେଇ ଚିକିତ୍ସା କରାଇଥିଲେ । ଏନେଇ ଆହତ ସାବିତ୍ରୀ ଜେନାପୁର ଥାନାରେ ଲିଖିତ ଅଭିଯୋଗ କରିଥିଲେ । ଅଭିଯୋଗକ୍ରମେ ଜେନାପୁର ପୁଲିସ ୩୨୦/୨୨ରେ ଏକ କେଶ ରୁଜୁ କରି ଅଭିଯୁକ୍ତ ରଂଜନ ପ୍ରଧାନଙ୍କୁ ଗିରଫ କରି ଚଣ୍ଡିଖୋଲ କୋର୍ଟକୁ ଚାଲାଣ କରିଛି ବୋଲି ଥାନା ଅଧିକାରୀ ଉମାକାନ୍ତ ନାୟକ ସୂଚନା ଦେଇଛନ୍ତି ।

## ଭାରତ ଯୋଡ଼ ଯାତ୍ରା-ଓଡ଼ିଶା ୧୧ତମ ଦିନରେ ବାରିପଦା ସହର ପରିକ୍ରମା କଲା



ଭୁବନେଶ୍ୱର (ପିଏନ୍)-ପ୍ରଦେଶ କଂଗ୍ରେସ ସଭାପତି ଶ୍ରୀ ଶରତ ପଟ୍ଟନାୟକଙ୍କ ନେତୃତ୍ୱରେ 'ଭାରତ ଯୋଡ଼ ଯାତ୍ରା- ଓଡ଼ିଶା'ର ଯାତ୍ରୀ, ବରିଷ୍ଠ କଂଗ୍ରେସ ନେତା, ମୟୁରଭଂଜ ଜିଲ୍ଲାର କଂଗ୍ରେସ ନେତା ଓ କର୍ମୀ ଏବଂ ମୟୁରଭଂଜର ବିଭିନ୍ନ ବର୍ଗର ବ୍ୟକ୍ତିବିଶେଷ ପାଲବଣିଠାରୁ ପ୍ରଭାତରେ 'ଭାରତ ଯୋଡ଼ ଯାତ୍ରା-ଓଡ଼ିଶାର ୧୧ତମ ଦିନର କାର୍ଯ୍ୟକ୍ରମ ଆରମ୍ଭ କରିଥିଲେ । ମୟୁରଭଂଜ ଜିଲ୍ଲା କଂଗ୍ରେସ ସଭାପତି ହେମନ୍ତ ଦାସଙ୍କର ଆୟୋଜନକ୍ରମେ ସମସ୍ତ ଯାତ୍ରୀ ବାରିପଦା ସହରସାରା ପରିକ୍ରମା କରିଥିଲେ । ଏହାପରେ ବିଶୋଇ ବଜାର ମଧ ପରିକ୍ରମ କଲେ । ମୁର୍ଗାବାଡ଼ିଠାରେ ଏକ ସାଧାରଣ ସଭା ଅନୁଷ୍ଠିତ ହୋଇଥିଲା । ଏହାପରେ ସଂଧ୍ୟାରେ ଭାରତ ଯୋଡ଼ ଯାତ୍ରା- ଓଡ଼ିଶା ରାଇରଙ୍ଗପୁର ସହର ପରିକ୍ରମା କରିଥିଲା । ଏହି କାର୍ଯ୍ୟକ୍ରମରେ ପିସିସି ସଭାପତି ଶ୍ରୀ ପଟ୍ଟନାୟକ ବହୁ ଆଦିବାସୀ ଓ ଦଳିତ ପରିବାର ଏବଂ ବିଭିନ୍ନ ବର୍ଗର ବ୍ୟକ୍ତିବିଶେଷଙ୍କ ସହ ମିଶି ଜିଲ୍ଲାର ଅବସ୍ଥା ସଂପର୍କରେ ସିଧାସଳଖ ଅବଗତ ହୋଇଥିଲେ । କାର୍ଯ୍ୟକ୍ରମରେ ଗଣମାଧ୍ୟମକୁ ସମ୍ବୋଧିତ କରି ପ୍ରଦେଶ କଂଗ୍ରେସ ସଭାପତି ଶ୍ରୀ ପଟ୍ଟନାୟକ କହିଥିଲେ ଯେ ନବୀନ ଓ ମୋଦି ସରକାର ଅପରାହ୍ନର ନିକଟବର୍ତ୍ତି, ଆଗାମୀ ସକାଳ କଂଗ୍ରେସର । ଭାରତ ଯୋଡ଼ ଯାତ୍ରା-ଓଡ଼ିଶା ୨୨ବର୍ଷର କଳଙ୍କିତ ଶାସନକୁ ଉତ୍ପାଟନ କରିବ । ନବୀନ ସରକାର ନିଜ ଶାସନକାଳ ଭିତରେ ଓଡ଼ିଶାବାସୀଙ୍କ ପ୍ରତି ଯେଉଁ ବିଶ୍ୱାସଘାତକତା କରିଛନ୍ତି, ଆଗାମୀ ପୀଢ଼ିର ଲୋକେ ତାଙ୍କୁ ଜଣେ ଜନସ୍ୱାର୍ଥବିରୋଧୀ, ବିଫଳ, ଉତ୍ପୀଡ଼କ ଶାସକ ଭାବରେ ଚିତ୍ରଣ କରିବେ । ସେ ଓଡ଼ିଶାର ଗାଁ ଗଣ୍ଡା ବୁଲି ନାହାନ୍ତି । ଓଡ଼ିଶାର ମାଟି, ପାଣି, ପବନ ସଂପର୍କରେ ତାଙ୍କର କିଛି ଧାରଣା ହିଁ ନାହିଁ । ୨୨ ବର୍ଷର ନବୀନ ସରକାର କେବଳ ଦୁର୍ନୀତି, ଭ୍ରଷ୍ଟାଚାର, ନାରୀ ନିର୍ଯ୍ୟାତନା, ଲୁଣ୍ଠନକୁ ପ୍ରୋତ୍ସାହନ ଦେଇଛି । ସାଧାରଣ ଜନତା ନବୀନ ସରକାରକୁ ଏକ ପିସି ସରକାର ବୋଲି କହୁଛନ୍ତି । ମୁଖ୍ୟମନ୍ତ୍ରୀ ଯୁବକମାନଙ୍କୁ ପ୍ରତାରିତ କରିଛନ୍ତି, ନିର୍ଯ୍ୟାତିତା ମହିଳାଙ୍କୁ ନ୍ୟାୟ ଦେଇନାହାନ୍ତି, ବଳାତ୍କାରୀଙ୍କୁ ଦଣ୍ଡ ଦେଇପାରିନାହାନ୍ତି, ଦୁର୍ନୀତିଖୋରକୁ ଦଣ୍ଡ ଦେଇନାହାନ୍ତି; ମାତ୍ର କେତେକ ଅନୁଷ୍ଠାନଠାରୁ ଏକନମ୍ବର ମୁଖ୍ୟମନ୍ତ୍ରୀ ଏବଂ ଜୀବନବ୍ୟାପୀ ସାଧନା ପୁରସ୍କାର ପାଇ ଖୁସି ହୋଇଯାଇଛନ୍ତି । ଏଠାରେ ଚାଷୀ ଆତ୍ମହତ୍ୟା, ଧାନର ଅଭାବିବିକ୍ରୀ, ଜଳସେଚନ ବଢ଼ାଇବା କ୍ଷେତ୍ରରେ ବିଫଳତା, ଓଡ଼ିଶାର ଚାଷୀ ଦେଶର ସମସ୍ତ ରାଜ୍ୟର ଚାଷୀଠାରୁ ଗରିବ ବୋଲି ଅପବାଦ ମୁଣ୍ଡାଇବା ପରେ ନବୀନ ସରକାର ଓଡ଼ିଶାର କୃଷିର ବିକାଶ ହୋଇଛି ବୋଲି ଡିଣ୍ଡିମ ପିଟୁଛନ୍ତି ।

ମୋଦିଙ୍କ ସ୍ୱପ୍ନ ଯାହା ଥିଲା, ତାହା ଆଜି ବାସ୍ତବରୂପ ନେଇଛି । ସେହି ବାସ୍ତବ ରୂପର ଚିତ୍ର କ'ଣ ତାହା ଆଜି ଭାରତବର୍ଷ ଦେଖୁଛି । ବିଶ୍ୱଖାଦ୍ୟ ସୂଚକାଙ୍କ ଅନୁସାରେ ଭାରତ ଏକ ଭୋକିଲା ଦେଶ, ଭାରତର ଲୋକଙ୍କଠାରୁ ଟଂଟିଚିପି ଟିକସ ଆଦାୟ କରାଯାଉଛି, ମହଙ୍ଗା ମାଡ଼ରେ ଲୋକେ ତ୍ରାହି ତ୍ରାହି ଡାକୁଛନ୍ତି- ଏ ହେଉଛି ମୋଦିଙ୍କ ଆଛା ଦିନ । ମୋଦି ବର୍ଷକୁ ୨କୋଟି ନିଯୁକ୍ତି ଦେବାକଥା କହିଥିଲେ । ଆଜି କେନ୍ଦ୍ର ସରକାରଙ୍କ ଅଧିନରେ ଥିବା ୧୦ଲକ୍ଷ ଚାକିରି ଖାଲିପଡ଼ିଛି । କରୋନା ପୂର୍ବରୁ ଦେଶର ବେକାରୀ ସଂଖ୍ୟା ୪୫ ବର୍ଷର ରେକର୍ଡ ଭାଙ୍ଗିଥିଲା । କେବଳ ଭାରତବାସୀଙ୍କୁ ଭୁଆଁ ବୁଲାଯାଉଛି । 'ବିକାଶ' ବିଜେପି ନେତାଙ୍କ ମୁହଁରେ ଏକ ରୋମାଂଚକର ଶବ୍ଦ ମାତ୍ର । ଶାସନ କ୍ଷେତ୍ରରେ ଏ ଶବ୍ଦର ମୂଲ୍ୟ କିଛି ନାହିଁ । ମୋଦି ୨୦୧୪ ରେ ଯେଉଁ ପ୍ରତିଶ୍ରୁତି ଦେଇଥିଲେ ସେଥିରୁ ଗୋଟିଏ ବି ପ୍ରତିଶ୍ରୁତି ଠିକ ଭାବେ ପାଳନ କରିପାରିଲେ ନାହିଁ । ସୁତରାଂ କଂଗ୍ରେସର ଭାରତ ଯୋଡ଼ ଯାତ୍ରା - ଓଡ଼ିଶାରେ ରାଜନୈତିକ ଓ ଅର୍ଥନୈତିକ କ୍ଷେତ୍ରରେ ଏକ ବୈପ୍ଳବିକ ପରିବର୍ତ୍ତନ ଆଣିବାପାଇଁ ଅଭିପ୍ରେତ । କେନ୍ଦ୍ର ଓ ରାଜ୍ୟ ସରକାରକୃତ ଯନ୍ତ୍ରଣାରୁ ଏ ଦେଶବାସୀଙ୍କୁ ମୁକ୍ତିଦେବାପାଇଁ ମାନ୍ୟବର ରାହୁଲ ଗାନ୍ଧୀଜୀ ଯେଉଁ ଯାତ୍ରା ଆରମ୍ଭ କରିଛନ୍ତି, ତାହା ଏକାନ୍ତ ଅନୁସରଣୀୟ ଏବଂ ଅନ୍ଧକାରରୁ ମୁକ୍ତିପାଇଁ ଏକମାତ୍ର ରାସ୍ତା । ଯଶିପୁରଠାରୁ ଭାରତ ଯୋଡ଼ ଯାତ୍ରା- ଓଡ଼ିଶାର ୧୨ ତମ ଦିନର କାର୍ଯ୍ୟକ୍ରମ ଆରମ୍ଭ ହୋଇଛି । ଏହି କାର୍ଯ୍ୟକ୍ରମରେ ସୁଶ୍ରୀ ସୁଶିଳା ତିରିଆ, ଗଣେଶ୍ୱର ବେହେରା, ମାନସ ଚୌଧୁରୀ, ଭୁଜବଳ ମାଝୀ, ବନ୍ଦିତା ପରିଡ଼ା, ସରସ୍ୱତୀ ହେମ୍ବ୍ରମ, ପ୍ରଦୀପ ରଥ, ଅରବିନ୍ଦ ଦାସ, ଶ୍ୟାମସୁନ୍ଦର ହାଂସଦା, ନିରୋଜ ଲୋଚନ ଦାସ, ପ୍ରଭାସକର ମହାପାତ୍ର, ବିଜନ କୁମାର ଦାସ, ଅଶୋକ କୁମାର ଗିରି, ଜ୍ୟୋତି ପ୍ରକାଶ ରଥ, ବାଙ୍କନିଧି ବେହେରା, ଗୌରୀ ନାୟକ, ପ୍ରକାଶ ଜେନା, ସଂଜୟ ତ୍ରିପାଠୀ, ବିସ୍ମୟ ମହାପାତ୍ର, ଜ୍ଞାନରଂଜନ ପଟ୍ଟନାୟକ, ଅଜୟ ମହାପାତ୍ର, ସୁବ୍ରତ ମହାପାତ୍ର, ମହମ୍ମଦ ସାହାଦୁଲ୍ଲା, ସୁଶାନ୍ତ ତ୍ରିପାଠୀ, କୈଳାସ ସାହୁ, ବିରେଲ ସିଂକା, ସୁବାଷ ପାତ୍ର, ଦୀପକ କୁମାର ମହାପାତ୍ର, ବିଭୁତି ଭୂଷଣ ମହାପାତ୍ର, ନାରାୟଣ ମହାପାତ୍ର, ରାକେଶ ସିଂ, ମୋତିଲାଲ ଦାସ, ଅଂଶୁମାନ ଦାସ, ସୁସ୍ମିତା ଘୋଷାଲ, ଶାନ୍ତନୁ ପାଲ, ପ୍ରଦୀପ ମିଶ୍ର ଓ ବିଜୟ ସିଂ ପ୍ରମୁଖ ଉପସ୍ଥିତ ଥିଲେ ବୋଲି ଭାରତ ଯୋଡ଼ ଯାତ୍ରା -ଓଡ଼ିଶାର ମିଡ଼ିଆ ଇନଚାର୍ଜ ପ୍ରକାଶ ମିଶ୍ର ଏକ ପ୍ରେସ ବିଜ୍ଞପ୍ତିରେ ଜଣାଇଛନ୍ତି ।

## ଜରାଜୀର୍ଣ୍ଣ ଅବସ୍ଥାରେ ଥିବା ସାମ୍ବାଦିକମାନଙ୍କ ପ୍ରତି ଉଦାସୀନ କାହିଁକି ?

***ସମ୍ମାନାସ୍ପଦ ଶ୍ରୀଯୁକ୍ତ ନରେନ୍ଦ୍ର ଦାମୋଦର ଦାସ ମୋଦୀଜୀ,*** ଦେଶର ସମସ୍ତଙ୍କର ପ୍ରିୟ ତଥା ଆଦରଣୀୟ ପ୍ରଧାନମନ୍ତ୍ରୀ ମହୋଦୟ । ମୋର ସହୃଦୟତାର ସହିତ ଭକ୍ତିପୂତ ପ୍ରଣାମ ଜଣାଉଅଛି । ନିମ୍ନଲିଖିତ ଯଥାର୍ଥ ଦାବିଗୁଡ଼ିକୁ ଯଥାର୍ଥତା ଭିତ୍ତିରେ ବିଚାରକରି ଚୂଡ଼ାନ୍ତ ନିଷ୍ପତ୍ତି ଗ୍ରହଣ କରିବା ସହିତ ରାଷ୍ଟ୍ରର ସାମ୍ବାଦିକମାନଙ୍କ ପାଇଁ ଏକ ଚମତ୍କାର ଝଲକ୍ ଦେଖାଇବେ ବୋଲି ଆମ୍ଭର ଆଶା ଓ ଭରସା ରହିଛି ।

ଗଣତନ୍ତ୍ର କେବଳ ଏକ ଶାସନ ବ୍ୟବସ୍ଥା ନୁହେଁ । ଏହା ଏକ ନୈତିକ ସିଦ୍ଧାନ୍ତ । ଏକ ମହତ୍ତ୍ୱର ସାମାଜିକ ଜୀବନର ଧାରା । ବ୍ୟକ୍ତିକୁ ସମାଜ ସହିତ, ସମାଜକୁ ରାଷ୍ଟ୍ର ସହିତ ଏକ ସାମୂହିକ ସଦ୍‌ଭାବନାରେ ସଂଯୁକ୍ତ କରିବାରେ ଗଣତନ୍ତ୍ରକୁ ନୀତି ନିର୍ଦ୍ଧାରକ ସୂତ୍ର ଭାବରେ ଗ୍ରହଣ କରାଯାଇଥାଏ । ଗଣତାନ୍ତ୍ରିକ ବ୍ୟବସ୍ଥାକୁ ଜନମଙ୍ଗଳ ରାଷ୍ଟ୍ରରେ ଜନଗଣଙ୍କ ସହିତ ଯୋଡ଼ିବାରେ ଗଣମାଧ୍ୟମ ହିଁ ସମଗ୍ର ବିଶ୍ୱ ପାଇଁ ବାସ୍ତବ କ୍ଷେତ୍ରରେ ଏକପ୍ରକାର ସେତୁ ଅଟନ୍ତି । ଏହି ସେତୁବନ୍ଧନ ସୁଦୃଢ଼ ତଥା ଅତୁଟ ରହିବାରେ ହିଁ ଗଣତନ୍ତ୍ରର ସଫଳତା । ସେଥିପାଇଁ ଗଣମାଧ୍ୟମକୁ ଅଭିହିତ କରାଯାଇଛି ଗଣତନ୍ତ୍ରର ଚତୁର୍ଥ ସ୍ତମ୍ଭ ଭାବରେ । ଚତୁର୍ଥ ସ୍ତମ୍ଭଟି କୌଣସି କାରଣରୁ ନିଜର ମୌଳିକ ଗୁଣବତ୍ତା ହରେଇ ଦୁର୍ବଳ ହୋଇଗଲେ ଗଣତନ୍ତ୍ରର ସ୍ଥିତି ବିପନ୍ନ ହୋଇ ପଡ଼ିବ । ଗଣତାନ୍ତ୍ରିକ ବ୍ୟବସ୍ଥାରେ ଥିବା ଦୁଇ ପକ୍ଷ ଅର୍ଥାତ୍ ସରକାର-ଜନସାଧାରଣଙ୍କ ମଧ୍ୟରେ ଗଣମାଧ୍ୟମ ସଂଯୋଜକର ଭୂମିକା ଗ୍ରହଣ କରେ । ମାତ୍ର ଏତତ୍‌ବ୍ୟତୀତ ଆମ ସାଧାରଣ ଜନଜୀବନରେ ସଂଘଟିତ ଘଟଣା ବହୁଳ-ଅଘଟଣ, ସୁଖ-ଦୁଃଖର ବର୍ଣ୍ଣନାତୀତ କାହାଣୀକୁ ନେଇ ମଧ୍ୟ ଲୋକଲୋଚନକୁ ଆଣି ଗଣମାଧ୍ୟମ ଏକ ପ୍ରଭାବଶାଳୀ ନେତୃତ୍ୱ, ଭୂମିକା ଗ୍ରହଣ କରିଛି ।

ମୋର ଆପଣଙ୍କଠାରେ ପ୍ରଶ୍ନ ହେଉଛି, ଆମ୍ଭର ରାଷ୍ଟ୍ରକୁ ଗଢ଼ିବା ନା ଭାଙ୍ଗିବା ? ଏକ ସୁସ୍ଥ ସମାଜ ଗଠନ ଦିଗରେ ନିଜର ଦାୟିତ୍ୱ ସମ୍ପାଦନ କରିବା ନା ଅସୁସ୍ଥତାର ସମସ୍ତ ଲକ୍ଷଣ, ବିଲକ୍ଷଣତାର ପ୍ରଚାର ପ୍ରସାର କରି ଜନମଙ୍ଗଳକାରୀ ସମାଜରେ କଳୁଷିତ ବାତାବରଣରେ ଏକ ନକାରାତ୍ମକ ପରିବେଶ ସୃଷ୍ଟି କରିବା-କଣ ହେବ ଗଣମାଧ୍ୟମର ଭୂମିକା ? ଅବଶ୍ୟ ଗଢ଼ିବାକୁ ହେଲେ ଦୀର୍ଘମିଆଦି ସୂତ୍ର । ଭାଙ୍ଗିବାକୁ ହେଲେ ତତ୍‌କ୍ଷଣାତ୍ ହେବ । ଅସୁସ୍ଥତାର ଲକ୍ଷଣକୁ ଅଣଦେଖା କରି ସୁସ୍ଥତାର ବାହାନା କଲେ ଚଳିବ ନାହିଁ ।

ସାମ୍ବାଦିକତାକୁ ଆଧାରକରି ଭାରତୀୟ ସ୍ୱାଧୀନତା ସଂଗ୍ରାମର ଇତିହାସରେ ସଫଳ ନେତୃତ୍ୱ ଗ୍ରହଣ କରିଥିବା ଜାତିର ପିତା ମହାତ୍ମା ଗାନ୍ଧୀ କହିଛନ୍ତି, ସମ୍ବାଦପତ୍ରର ତିନୋଟି ଲକ୍ଷ୍ୟ ରହିବା ଉଚିତ୍ । (୧) ପ୍ରକୃତ ଜନମତରେ ସଠିକ୍ ଅଧ୍ୟୟନ, (୨) ଦୁର୍ନୀତି ତଥା ସାମାଜିକ ଅବ୍ୟବସ୍ଥା ଇତ୍ୟାଦିର ନିର୍ଭୀକ ପରିବେଷ. (୩) ଗଠନମୂଳକ ଲେଖା ମାଧ୍ୟମରେ ଜନଜାଗରଣ ତଥା ଜନଆନ୍ଦୋଳନର ସୃଷ୍ଟି ।

ଅନେକ ଉଦାହରଣ ଇତିହାସରେ ଲିପିବଦ୍ଧ ଥିବାବେଳେ ଆପଣଙ୍କୁ ସଂକ୍ଷେପରେ ସୂଚାଇ ଦେବାକୁ ଉଚିତ୍ ମନେକରୁଛି । ଭାରତକୁ ଆସିବା ପୂର୍ବରୁ ଦକ୍ଷିଣ ଆଫ୍ରିକାରେ ଗାନ୍ଧିଜୀଙ୍କ ଦ୍ୱାରା ପରିଚାଳିତ ହୋଇଥିଲା 'ଇଣ୍ଡିଆନ୍ ଓପିନିଅନ୍' । ଭାରତକୁ ଫେରିବା ପରେ ପ୍ରଥମେ ମାସିକ ଗୁଜରାଟୀ ପତ୍ରିକା 'ନବଜୀବନ' ପ୍ରକାଶନ ହାତକୁ ନେଇଥିଲେ । ଜନମଙ୍ଗଳ ପାଇଁ ଦୂରଦୃଷ୍ଟି ରଖି ଗାନ୍ଧିଜୀ ଓକିଲାତିକୁ ନିଜର ସତ୍‌ଚରିତ୍ରବାନ୍ ପେଶା କରିଥିଲେ ମଧ୍ୟ ସତ୍‌ପରିମାର୍ଜିତ ଭାବରେ ପର୍ଯ୍ୟବେଶିତ ନିଶା ଥିଲା ତାଙ୍କର ସାମ୍ବାଦିକତା । ଏବଂ ଏହାକୁ ସାପ୍ତାହିକ ସମ୍ବାଦପତ୍ର କଲେ । ଏହା ସହିତ ଇଂରାଜୀ ମାସିକ 'ୟଙ୍ଗ୍ ଇଣ୍ଡିଆ' ପ୍ରକାଶନ ଆରମ୍ଭ କରିଦେଲେ । ଏହା ପୂର୍ବରୁ 'ସତ୍ୟାଗ୍ରହ' ନାମରେ ଏକ ପତ୍ରିକା ସେତେବେଳର ସମୟରେ ସାଇକ୍ଲୋଷ୍ଟାଇଲ୍ କରାଇ ସ୍ୱାଧୀନତା ସଂଗ୍ରାମର ସତ୍ୟାଗ୍ରହୀମାନଙ୍କ ପାଖରେ ପହଞ୍ଚାଇବାର ସୁବ୍ୟବସ୍ଥା କରିଥିଲେ । ୧୯୩୦ରେ ଗାନ୍ଧିଜୀ ନିଜ ପତ୍ରିକାର ନାମ ବଦଳାଇ 'ହରିଜନ' ନାମରେ ଏକ ସାପ୍ତାହିକ ସମ୍ବାଦପତ୍ର ପ୍ରକାଶନ ଆରମ୍ଭ କଲେ । ଗାନ୍ଧିଜୀଙ୍କ ବ୍ୟତୀତ ଭାରତର ସ୍ୱାଧୀନତା ସଂଗ୍ରାମରେ ସାମିଲ ହୋଇଥିବା ଜନନେତାଙ୍କ ମଧ୍ୟରେ ଥିଲେ ଅନେକ ସାମ୍ବାଦିକ । ପଞ୍ଜାବକେଶରୀ ଲାଲା ଲଜପତ୍ ରାୟ, ଲୋକମାନ୍ୟ ବାଲ ଗଙ୍ଗାଧର ତିଳକ, ଦେଶବନ୍ଧୁ ଚିତ୍ତରଞ୍ଜନ, ଯୋଗୀ ଶ୍ରୀ ଅରବିନ୍ଦ, ରାଜଗୋପାଳାଚାରୀ, ନେତାଜୀ ସୁଭାଷ ଚନ୍ଦ୍ର, ଉତ୍କଳମଣି ଗୋପବନ୍ଧୁ, ହରେକୃଷ୍ଣ ମହତାବ, ରାଧାନାଥ ରଥ ଓ ଅଟଳବିହାରୀ ବାଜପେୟୀ ପ୍ରଭୃତିଙ୍କ ନାମ ଆଜି ସ୍ୱର୍ଣ୍ଣାକ୍ଷରରେ ଲିପିବଦ୍ଧ ଅଟେ । ଦେଶବାସୀଙ୍କ ସ୍ମରଣକୁ ଆସେ ଏହିଭଳି ଯୋଗଜନ୍ମା ମହାପୁରୁଷଙ୍କ ନାମ, ଯେଉଁମାନଙ୍କର ସାରା ବିଶ୍ୱରେ ପରିଚିତି ରହିଥିଲା । ସ୍ୱାଧୀନତା ପରେ ଗଣତାନ୍ତ୍ରିକ ଭାରତବର୍ଷକୁ ଦୃଢ଼ ଶକ୍ତିଶାଳୀ କରି ଗଢ଼ିବା ଦିଗରେ ସାମ୍ବାଦିକମାନଙ୍କର ଭୂମିକା ଅଧିକ ଗୁରୁତ୍ୱପୂର୍ଣ୍ଣ ହୋଇପଡ଼ିଛି । ସାମ୍ବାଦିକମାନେ ସେହି ଭୂମିକାକୁ ଯଥାର୍ଥ ଭାବରେ ତୁଲାଇଲେ ହିଁ ଗଣମାଧ୍ୟମର ଲକ୍ଷ୍ୟ ସାଧନ ହେବା ସହିତ କିଭଳି ଭାବରେ ଏହାର ଗାରିମା ଅକ୍ଷୁର୍ଣ୍ଣ ରହିବ ସେ ସମ୍ପର୍କରେ ଆପଣ ସିଦ୍ଧାନ୍ତ ଗ୍ରହଣ କରିବେ ବୋଲି ବିଶ୍ୱାସ ଅଛି । ପୁରାଣ ଯୁଗର କଥାକୁ ସୂଚାଇ ଦେବାକୁ ଚାହୁଁଚି । ସାମ୍ବାଦିକମାନଙ୍କୁ ପୁରାଣ ଯୁଗରେ ମହର୍ଷି ଦେବର୍ଷି ନାରଦ ରୂପରେ ଅବତୀର୍ଣ୍ଣ କରାଯାଇଥିଲା ଏବଂ ଦେବତାମାନଙ୍କ ପାଇଁ ଦେବର୍ଷି ନାରଦ ମଧ୍ୟ ଶୁଭ ଉପଦେଷ୍ଟା ଭାବରେ କାର୍ଯ୍ୟ ସମ୍ପାଦନ କରୁଥିବା ବେଳେ, ଦେବତାମାନେ ମଧ୍ୟ ଦେବର୍ଷିଙ୍କ ଉପଦେଶକୁ ସଦା-ସର୍ବଦା ପାଳନ କରୁଥିଲେ । ସେତେବେଳେ ସାମ୍ବାଦିକମାନଙ୍କର କୌଣସି ସଂଗୀନ ସମସ୍ୟା ନଥିଲା ।

କିନ୍ତୁ, ଆଜିର ଯୁଗରେ ସାରା ବିଶ୍ୱ ଏବଂ ଭାରତବର୍ଷ ଏକ ଗଣମାଧ୍ୟମର ଯୁଗ ଭାବରେ ପରିଗଣିତ ହେଉଛି । ଯାହାକି, ଆପଣ ଏହି ମାଧ୍ୟମରେ ଆଜି ଦେଶର ପ୍ରଧାନମନ୍ତ୍ରୀ ହୋଇପାରିଛନ୍ତି । ଆପଣଙ୍କୁ ପ୍ରଧାନମନ୍ତ୍ରୀ କରାଇବା ପଛରେ ପ୍ରମୁଖ ଭୂମିକା କେବଳ ଗଣମାଧ୍ୟମ ହିଁ ନିର୍ବାହ କରିଥିଲା । ଗଣମାଧ୍ୟମ ହିଁ ଜନସାଧାରଣଙ୍କୁ ପ୍ରଭାବିତ କରି ୫୦ ଭାଗ ଭୋଟ୍ ସଂଗୃହିତ କରିଥିଲା । ଆହୁରି ମଧ୍ୟ, ଆପଣ ଭଲ ଭାବରେ ଜାଣିଛନ୍ତି ଯେ, ଗଣମାଧ୍ୟମ ଚାହିଁଲେ ଗୋଟିଏ ସରକାରକୁ ଭାଙ୍ଗିଦେଇପାରେ, ଗଢ଼ିଦେଇପାରେ ଏବଂ ବଦଳାଇ ଦେଇପାରେ । ଏହାକୁ ମଧ୍ୟ ଆନ୍ତରିକତାର ସହିତ ହୃଦୟଙ୍ଗମ କରି ଭାରତରତ୍ନ ଅଟଳବିହାରୀ ବାଜପେୟୀ ଥରେ ପୁରୀ ସମ୍ମିଳନୀରେ ପ୍ରକାଶ କରିଥିଲେ । ତାହା ମଧ୍ୟ ଆପଣଙ୍କ ପାଖରେ ପରିଲକ୍ଷିତ ହୋଇଛି । ତେଣୁ ଆଜିର ଯୁଗରେ, ଜରାଜୀର୍ଣ୍ଣ ଅବସ୍ଥାରେ ଥିବା ସାମ୍ବାଦିକମାନଙ୍କ ପ୍ରତି ଆପଣ ଉଦାସୀନ କାହିଁକି ବୋଲି "ଓଡ଼ିଶା ସାମ୍ବାଦିକ ସୁରକ୍ଷା ସଂଗଠନ" ପକ୍ଷରୁ ଆମ୍ଭର ପ୍ରଶ୍ନ ?

ଏବେ ଓଡ଼ିଶା ସରକାରଙ୍କ ପକ୍ଷରୁ ନିଷ୍ପତ୍ତି ନିଆଯାଇଥିବା ସାମ୍ବାଦିକମାନଙ୍କର ଚିହ୍ନଟ ପ୍ରକ୍ରିୟା ତାଲିକା ତ୍ୱରାନ୍ୱିତ ହୋଇନଥିବା ବେଳେ ସ୍ୱାସ୍ଥ୍ୟ ବୀମା ଯୋଜନା ଦୁଇଲକ୍ଷ ଟଙ୍କା ଘୋଷଣା କରି ସାମ୍ବାଦିକମାନଙ୍କୁ ଉପହାସ କରିଛନ୍ତି । ରାଜ୍ୟର ସମସ୍ତ ବ୍ଲକ, ଜିଲ୍ଲା ଏବଂ ରାଜ୍ୟସ୍ତରରେ ଏ ପର୍ଯ୍ୟନ୍ତ ଚିହ୍ନଟ ତାଲିକା ପ୍ରସ୍ତୁତ ହୋଇନାହିଁ । ତରବରିଆ ଭାବରେ ସ୍ୱାସ୍ଥ୍ୟବୀମା ଯୋଜନା ୨ ଲକ୍ଷ ଟଙ୍କା ଘୋଷଣା କରିବା ଯଥାର୍ଥ ଦାବି ନୁହେଁ, ତାହାକୁ ୨୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ବୃଦ୍ଧି କରିବା ପାଇଁ ଦୃଢ଼ ଦାବି କରୁଅଛୁ । ସାଧାରଣ ମହିଳାମାନଙ୍କ ପାଇଁ ରାଜ୍ୟ ସରକାର ସାତଲକ୍ଷ ଟଙ୍କା ପର୍ଯ୍ୟନ୍ତ ସ୍ୱାସ୍ଥ୍ୟବୀମା ଯୋଜନା ଘୋଷଣା କରିଥିବାବେଳେ, କେଉଁ ବିଚାରଧାରାରେ ସାମ୍ବାଦିକମାନଙ୍କୁ ଅପମାନିତ କରାଯାଇଛି, ସେଥିନେଇ ଆମ୍ଭେ ମର୍ମାହତ । ସାମ୍ବାଦିକମାନଙ୍କୁ ଅବସର ପରେ ଟଙ୍କାଟିଏ କେହି ଦିଅନ୍ତି ନାହିଁ । ସମାଜସେବା କ୍ଷେତ୍ରରେ ମର୍ଯ୍ୟାଦାସମ୍ପନ୍ନ ଦୃଷ୍ଟିରୁ ଦରମା ମଧ୍ୟ ପାଆନ୍ତି ନାହିଁ । ଯାହା ବିଶ୍ୱରେ କୌଣସି ଦେଶରେ ଏଭଳି ଉଦାସୀନତା ଦେଖାଯାଏ ନାହିଁ । ତେଣୁ ସାମ୍ବାଦିକମାନଙ୍କ ପାଇଁ କେନ୍ଦ୍ର ସରକାରଙ୍କ ପକ୍ଷରୁ "ଭାରତୀୟ ସାମ୍ବାଦିକ ସୁରକ୍ଷା ଆଇନ୍" ଗଠନ କରିବା ପାଇଁ ନୂତନ ଭାବେ ପଦକ୍ଷେପ ଗ୍ରହଣ କରି ଅବସର ପରେ ମାସକୁ ୨୫ ହଜାର ଟଙ୍କା ପେନ୍‌ସନ୍, ୫୦ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଗୃହଋଣ ବ୍ୟବସ୍ଥା କରିବା ସହିତ ସେଥିମଧ୍ୟରୁ ୨୦ ଭାଗ ଗୃହଋଣ ଛାଡ଼ କରିବା ପାଇଁ ଅନୁରୋଧ କରୁଅଛୁ । ସାମ୍ବାଦିକ ପେନ୍‌ସନ୍ କାର୍ଡ଼ ପ୍ରଦାନ, ସାମ୍ବାଦିକ ସଂଘ ମାଧ୍ୟମରେ କେନ୍ଦ୍ର ସରକାର କମିଟି ଗଠନ କରି ଚିହ୍ନଟ ତାଲିକା ଚୂଡ଼ାନ୍ତ କରାଯାଉ । ଟ୍ରେନ୍‌ରେ ୫୦ ଭାଗ ରିହାତି ଦେବା ଆଦି ମୌଳିକ ଦାବିଗୁଡ଼ିକୁ ସହୃଦୟତାର ସହିତ ହୃଦୟଙ୍ଗମ କରି ଉପଯୁକ୍ତ ତଥା ଯଥାଶୀଘ୍ର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ନିଷ୍ପତ୍ତି ନେବାପାଇଁ ପୁଣିଥରେ ଆପଣଙ୍କ ପାଖରେ ବିନମ୍ର ଅନୁରୋଧ କରୁଅଛୁ । ଇତି । ଆପଣଙ୍କୁ ଆନ୍ତରିକ ପ୍ରଣାମ ସହ...

## ଶିକ୍ଷିତ ବେକାର ସମସ୍ୟା ମୁଣ୍ଡବ୍ୟଥାର କାରଣ !

ବର୍ତ୍ତମାନ ରାଜ୍ୟ ର ଶିକ୍ଷିତ ବେକାରି ସମସ୍ୟା ଦିନକୁ ଦିନ ଉତ୍କଟ ହେବାରେ ଲାଗିଛି । ଓଡିଶା ପରି ଏକ ଅଗ୍ରସର ରାଜ୍ୟର ଶିକ୍ଷିତ ବେକାରଙ୍କ ସଂଖ୍ୟା ବଢିବଢି ବର୍ତ୍ତମାନ ୧୦ ଲକ୍ଷରେ ପହଞ୍ଚିବା ଅତ୍ୟନ୍ତ ଉଦ୍‌ବେଗର ବିଷୟ । ଏହି ସଂଖ୍ୟା ଦ୍ରୁତଗତିରେ ବଢିବାରେ ଲାଗିଛି । ପ୍ରତିବର୍ଷ ୧୫ ଲକ୍ଷରୁ ଉର୍ଦ୍ଧ ମାଟ୍ରିକ ଓ ୫ ଲକ୍ଷରୁ ଉର୍ଦ୍ଧ ଛାତ୍ର ଏବଂ ଛାତ୍ରୀ ମାଧ୍ୟମିକ ପରୀକ୍ଷା ଦେଇଥାନ୍ତି । ସେମାନଙ୍କ ମଧ୍ୟରୁ ଅନେକ ଉଚ୍ଚଶିକ୍ଷା ଲାଭ କରିଥାନ୍ତି । କିନ୍ତୁ ଯୁକ୍ତତିନି ଓ ଏମ୍.ଏ., ଏମ୍.ଏସ.ସି ପାଶ କରୁଥିବା ହଜାର ହଜାର ଶିକ୍ଷିତଙ୍କ ପାଇଁ ସହର ବା ମଫସଲରେ କୌଣସି କାମ ନାହିଁ । ଯେଉଁମାନେ ବୈଷୟିକ ବିଦ୍ୟା ଅଧ୍ୟୟନ କରି ନିଜକୁ କୁଶଳ ଓ ସମର୍ଥ କରନ୍ତି ମାତ୍ର ବିଭିନ୍ନ ବୃତ୍ତି ପାଇଁ ସେମାନଙ୍କୁ ରାଜ୍ୟ ସରକାର ନିଯୁକ୍ତି ଦେବାପାଇଁ ଅକ୍ଷମତା ପ୍ରକାଶ କରୁଛନ୍ତି । ଫଳରେ ସେମାନେ ନିଜ ଭିଟାମାଟି ଛାଡି ଅନ୍ୟ ରାଜ୍ୟକୁ ପେଟ ପୋଷିବା ପାଇଁ ଯିବାକୁ ବାଧ୍ୟ ହେଉଛନ୍ତି । ରାଜ୍ୟ ସରକାରଙ୍କର ସଚିବାଳୟଠାରୁ ବ୍ଲକସ୍ତର ପର୍ଯ୍ୟନ୍ତ ବିଭିନ୍ନ ଅଫିସରେ ହଜାର ହଜାର ପଦବୀ ଖାଲି ପଡିଥିବାବେଳେ ଏତେସଂଖ୍ୟାରେ ଶିକ୍ଷିତ ବେକାର ରାଜ୍ୟ ପକ୍ଷରେ ଏକ ବିଡମ୍ବନାର ବିଷୟ । ଓଡିଶାରେ ବିଗତ ପାଂଚ ସାତବର୍ଷ ମଧ୍ୟରେ ଅନେକ ଶିଳ୍ପ କାରଖାନା ଯଦିଓ ସ୍ଥାପନ କରାଯାଇଛି ମାତ୍ର ସେସବୁ ଶିଳ୍ପସଂସ୍ଥାରେ ଯେତେ ଶିକ୍ଷିତ ଲୋକ ନିଯୁକ୍ତି ପାଇଛନ୍ତି ସେମାନଙ୍କ ମଧ୍ୟରୁ ଅର୍ଦ୍ଧାଧିକ ଆମ ରାଜ୍ୟ ବାହାରର । ତେବେ ସରକାରଙ୍କର ଆମ ନିଜ ରାଜ୍ୟ ପ୍ରତି ଏପ୍ରକାର ହୀନଭାବନା କାହିଁକି ? ବାହାର ରାଜ୍ୟମାନଙ୍କରୁ ବୈଷୟିକ ବିଦ୍ୟାରେ ଉତ୍ତୀର୍ଣ୍ଣ ହୋଇ ଆମ ରାଜ୍ୟରେ ନିଯୁକ୍ତି ପାଉଛନ୍ତି । ଅନ୍ୟପକ୍ଷରେ ଆମ ରାଜ୍ୟର ଶିକ୍ଷାନୁଷ୍ଠାନମାନଙ୍କରୁ ହଜାର ହଜାର ପ୍ରଶିକ୍ଷଣପ୍ରାପ୍ତ ଯୁବକ ଯୁବତୀ ରାଜ୍ୟ ବାହାରେ ଓ ବିଦେଶରେ ନିଯୁକ୍ତି ପାଇଛନ୍ତି ଯାହା ରାଜ୍ୟପାଇଁ ଗୌରବର ବିଷୟ ସାଂଗକୁ ସରକାରଙ୍କର ଅକ୍ଷମତାର ଜ୍ୱଳନ୍ତ ନମୁନା । ଏହାସତ୍ତ୍ୱେ ରାଜ୍ୟରେ ୧୦ ଲକ୍ଷରୁ ଉର୍ଦ୍ଧ ଯୁବକଯୁବତୀ ଶିକ୍ଷିତ ହୋଇ ଘରେ ବସିରହିବା ଚିନ୍ତାର ବିଷୟ । ଯଦି ଅନ୍ୟ ରାଜ୍ୟ କଥା ବିଚାରକୁ ନିଆଯାଏ ତେବେ ଉତ୍ତରପୂର୍ବାଂଚଳରେ ଶିକ୍ଷିତ ବେକାରଙ୍କ ସଂଖ୍ୟା ଏତେ ଅଧିକ ହୋଇଛି ଯେ ନିଜ ରାଜ୍ୟରେ ସେମାନଙ୍କ ପାଇଁ ନିଯୁକ୍ତି ନାହିଁ ମାତ୍ର ଭାରତର ବିଭିନ୍ନ ରାଜ୍ୟରେ ସେମାନଙ୍କୁ ନିଯୁକ୍ତି ମିଳିଛି । ଅତିତରେ ଆସାମର ସାମ୍ପ୍ରଦାୟିକ ଦଙ୍ଗା ଯୋଗୁଁ ଦକ୍ଷିଣ ଭାରତରେ ଉତ୍ତର ପୂର୍ବାଞ୍ଚଳର ବୃତ୍ତିଧାରୀ, କର୍ଣ୍ଣାଟକ ଓ ତାମିଲନାଡୁରୁ ନିଜ ଭିଟାମାଟିକୁ ଫେରିଆସିଥିଲେ । ମାତ୍ର ଉଭୟେ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଦୃଢ ହସ୍ତକ୍ଷେପ ଯୋଗୁ ଅବସ୍ଥା ସ୍ୱାଭାବିକ ହେବାପରେ ପୁନଃ ସେମାନେ ନିଜର କର୍ମସ୍ଥାନକୁ ଫେରିଥିଲେ । ସେହିପରି ମହାରାଷ୍ଟ୍ର ଭଳି ଶିଳ୍ପୋନ୍ନତ ରାଜ୍ୟରେ ହଜାର ହଜାର ବିହାରୀ ଶ୍ରମିକ କାମ କରିବାର ସୁଯୋଗ ପାଇ ରହିଯାଇଛନ୍ତି । ଫଳରେ 'ମରାଠୀମାନୁଷ'ବାଭୂମିପୁତ୍ରମାନଙ୍କ ନିଯୁକ୍ତିକ୍ଷେତ୍ର ସଙ୍କୁଚିତ ହେଉଛି ବୋଲି କେତେକ ମରାଠୀ ସଂଗଠନ ପ୍ରତିବାଦ କରିଥିଲେ । ଶିବସେନା ଓ ମହାରାଷ୍ଟ୍ର ନବନିର୍ମାଣ ସେନା ପରି ସଂଗଠନ ମହାରାଷ୍ଟ୍ର କେବଳ ମରାଠୀମାନଙ୍କ ପାଇଁ ଆନ୍ଦୋଳନ କରିବା ଯୋଗୁ ବିହାରୀମାନଙ୍କ ବିରୋଧରେ ସଂକୀର୍ଣ୍ଣ ମାନସିକତା ସୃଷ୍ଟି ହୋଇଥିଲା । ଉକ୍ତ କାରଣରୁ ହଜାର ହଜାର ବିହାରୀ ନିଜ ରାଜ୍ୟକୁ ଫେରି ଯାଇଥିଲେ । ବେକାରୀ ସମାସ୍ୟା ଯେତିକି ବଢିବ ସେତିକି ଆଞ୍ଚଳିକ ଭାବନା ତା'ର କାୟାବିସ୍ତାର କରିବ । ଆମ ରାଜ୍ୟ ଓଡିଶାର ସୌଭାଗ୍ୟ ଯେ ଆମ ରାଜ୍ୟ ଓଡିଶାର ବୈଷୟିକ ବୃତ୍ତିଧାରୀଙ୍କ ସଂଖ୍ୟା ବଢୁଥିଲେ ମଧ୍ୟ ବାହାର ରାଜ୍ୟରେ ନିଯୁକ୍ତି ପାଇ ଶାନ୍ତିରେ କର୍ତ୍ତବ୍ୟ ପାଳନ କରୁଛନ୍ତି । ମହାରାଷ୍ଟ୍ରରେ ଯେପରି ଆଞ୍ଚଳିକ ସ୍ୱାର୍ଥରକ୍ଷା ସକାଶେ ଆନ୍ଦୋଳନ ଚାଲିଛି ଓଡିଶାରେ ଓ ବଙ୍ଗଳାରେ ଯେ ସେପରି ଆନ୍ଦୋଳନ ଭବିଷ୍ୟତରେ ନହେବ ତାହା କହିହେବ ନାହିଁ । ଓଡିଶାରେ ବିଗତ ବର୍ଷମାନଙ୍କରେ ଯେତେ ଯେତେ ଶିଳ୍ପ ସ୍ଥାପିତ ହୋଇଛି ସେଥିରେ ଆମ ନିଜ ରାଜ୍ୟର ଶିକ୍ଷିତ ବେକାରମାନଙ୍କୁ ନିଯୁକ୍ତି ମିଳିବା ପରିବର୍ତ୍ତେ ବାହାର ରାଜ୍ୟରୁ ନିଯୁକ୍ତି ମିଳୁଥିବା ଯୋଗୁ ଦିନେ ଏଠାରେ ମଧ୍ୟ ଅସନ୍ତୋଷର ବହ୍ନି ଜଳିଉଠିବ, ଏଥିରେ ସନ୍ଦେହ ନାହିଁ । ଏହି ପରିପ୍ରେକ୍ଷୀରେ ଓଡିଶାରେ ବ୍ୟକ୍ତିଗତ ଉଦ୍ୟମରେ ସ୍ଥାପନ କରାଯାଇଥିବା ଇଂଜିନିୟରିଂ ଓ ମ୍ୟାନେଜମେଣ୍ଟ କଲେଜମାନଙ୍କରେ ନାମ ଲେଖାଇବା ପାଇଁ ଉପଯୁକ୍ତ ଛାତ୍ର ମିଳୁ ନ ଥିବାରୁ ୩୦ ହଜାରରୁ ଉର୍ଦ୍ଧ ସ୍ଥାନ ଖାଲି ପଡିଛି ଯାହାକି ଆମ ଶିକ୍ଷା ପଦ୍ଧତି ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । ବିଗତ ୩/୪ ବର୍ଷ ଧରି ଏପରି ଅବସ୍ଥା ଲାଗିରହିଛି । ଯୁକ୍ତ ଦୁଇ ଓ ତିନି ଶିକ୍ଷାନୁଷ୍ଠାନମାନଙ୍କରେ ମଧ୍ୟ ସିଟ୍ ଖାଲି ପଡୁଛି ।


# DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Prayaan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

# ମୋ ସହର

## ରାଇରଙ୍ଗପୁର ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଅଗ୍ନିକାଣ୍ଡ : ୨କୋଟିରୁ ଅଧିକ ମୂଲ୍ୟର ସମ୍ପତି ନଷ୍ଟ

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁର ପୌରପରିଷଦର ବଜାର ଗୋଲେଇ ଛକ ନିକଟରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଗତ ବୁଧବାର ରାତି ପ୍ରାୟ ୩ଟା ପାଖାପାଖି ଅଗ୍ନିକାଣ୍ଡ ଘଟିଥିଲା । ଖବର ପାଇ ବାମନଘାଟି ଉପଖଣ୍ଡସ୍ଥିତ ଏକ ଦମକଳ ଗାଡ଼ି ୪ଟା ପାଖାପାଖି ପହଁଚି ନିଆଁକୁ ଆୟତ କରିବାକୁ ଉଦ୍ୟମ ଚଳାଇଥିବା ସମୟରେ ଗାଡ଼ିରେ ପାଣି ଶେଷ ହୋଇଯାଇଥିଲା । ଏହାପରେ ଅନ୍ୟ ଗାଡ଼ିଗୁଡ଼ିକ ପହଁଚିବା ନିମନ୍ତେ ପ୍ରାୟ ଏକ ଘଂଟାରୁ ଅଧିକ ବିଳମ୍ବ କରିଦେଇଥିବାରୁ ନିଆଁ ସମସ୍ତ ଚାରିଆଡ଼େ ମାଡ଼ି ଯାଇଥିଲା । ପରବର୍ତି ସମୟରେ ପ୍ରାୟ ୯ରୁ ଅଧିକ ଦମକଳ ଗାଡ଼ି ଘଟଣାସ୍ଥଳରେ ପହଁଚି ନିଆଁକୁ ଆୟତ କରିବା ନିମନ୍ତେ ଆପ୍ରାଣ ଉଦ୍ୟମ ଚଳାଇଥିଲେ । ପ୍ରାୟ ୫ ଘଂଟାରୁ ଅଧିକ ସମୟ ଧରି ଅଗ୍ନିଶମ ବିଭାଗର କର୍ମଚାରୀମାନଙ୍କ ମିଳିତ ଉଦ୍ୟମ ପରେ ନିଆଁକୁ ଆୟତ କରାଯାଇ ପାରିଥିଲା । ସପିଂ ମଲରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର, ଫ୍ରେଣ୍ଡସ୍ ଏମ୍ପୋରିଆଲ, ଫ୍ରେଣ୍ଡସ୍ ଡ଼ିପାଟମେଂଟାଲ, ଫ୍ରେଣ୍ଡସ୍ ୟୁଟିଲିଟି ଓ ଫ୍ରେଣ୍ଡସ୍ ଗାର୍ମେଂଟ ଆଦି ୫-ଟି ବ୍ୟବସାୟ ପ୍ରତିଷ୍ଠାନରେ ଥିବା ଷ୍ଟେସନାରୀ ଓ ଗିଫ୍ଟ ସାମଗ୍ରୀ, କପଡ଼ା, ଇଲେକ୍ଟ୍ରୋନିକ୍ସ ସାମଗ୍ରୀ, ଫ୍ରିଜ୍, ଟିଭି, ମୋବାଇଲ ଆଦି ସମସ୍ତ ଜିଲିଷପତ୍ର ସହ ଆସବାବପତ୍ର ପୋଡ଼ି ସମ୍ପୂର୍ଣ୍ଣ ନଷ୍ଟ ହେବା ସହିତ ସପିଂ ମଲ୍ କୋଠାଟି ପୋଡ଼ି ଯାଇଥିଲା । ଫଳରେ ମଲରେ ଥିବା ରତନ ରାମ, ମନୋହର ରାମ, ଉମେଶ ରାମ, ଅଜୟ ରାମ ଓ ରିତେଶ ରାମ ପ୍ରମୁଖ ବ୍ୟବସାୟୀମାନଙ୍କର ପ୍ରାୟ ୨ କୋଟିରୁ ଅଧିକ ମୂଲ୍ୟର ଜିନିଷପତ୍ର ଓ ଆସବାବପତ୍ରଗୁଡ଼ିକ ଆଖି ସମ୍ମୁଖରେ ପୋଡ଼ି ପାଉଁଶ ପାଲଟି ଯାଇଥିଲା ।

## ବାଂଶପାଣି ରେଳସାଇଡିଂରେ ୨ ଗୋଷ୍ଠୀ ସଂଘର୍ଷ ଘଟଣାରେ ମାଷ୍ଟର ମାଇଣ୍ଡ ଫେରାର ଡାମେଜ କ□୍ରୋଲ ପାଇଁ କଲେଜ ର ଭଣଜାକୁ ଗିରଫ କଲା ପୋଲିସ

ଯୋଡ଼ା(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଥାନା ଅନ୍ତର୍ଗତ ବାଂଶପାଣି ରେଳ ସାଇଡିଂ ଠାରେ ଗତ ସେପ୍ଟେମ୍ବର ମାସ ୧୨ ତାରିଖ ଦିନ ଲୁହା ପଥର ପରିବହନକୁ ନେଇ ଘଟିଯାଇଥିବା ଗୋଷ୍ଠୀ ସଂଘର୍ଷ ଘଟଣାରେ ଅଭିଯୁକ୍ତଙ୍କୁ ଆମିର ହୁସେନକୁ (୩୦) ଯୋଡା ଥାନା ପୋଲିସ ସୋମବାର ମଧ୍ୟ ରାତ୍ରୀରେ ଗିରଫ କରି କେଶ ନଂ ୧୩୦/୨୦୨୦ ଦଫା ୧୪୭/୧୪୮/୪୫୨/୩୨୩/୩୨୫/୪୩୬/୪୨୭/୩୦୭/୫୦୬/୧୪୭ ଆଇପିସି ଧାରରେ ମାମଲା ରଜୁ କରି ମଙ୍ଗଳବାର କୋର୍ଟ ଚାଲାଣ କରିଥିବା ଖବର ହସ୍ତଗତ ହୋଇଛି । ସ୍ଥାନୀୟ ଅଧୀବାସୀଙ୍କ ଠାରୁ ପ୍ରକାଶ ଯେ ଆମିର ହୁସେନର ମାମୁଁ ଏମଡି ଫିରୋଜ ଅହମ୍ମଦ ଓରଫ କଲେଜ ସିଧାସଳଖ ଭାବେ ଏହି ଘଟଣାରେ ଗଣ୍ଡଗୋଳ ଏବଂ ଆକ୍ରମଣ ଘଟଣାରେ ସମ୍ପୃକ୍ତ ଥିଲେ ମଧ୍ୟ ଯୋଡା ଥାନା ପୋଲିସ କଲେଜଙ୍କ ଉପରେ ଅହେତୁକ ଅନୁକମ୍ପା ଦେଖାଉଥିବା ମନେ ହୁଏ । ଏକଦା ତ□କାଳୀନ ବଡବିଲ ଏସଡିପିଓ ରାଜେଶ ପଣ୍ଡିତଙ୍କର ଅତ୍ୟନ୍ତ ଅନୁମତ ଭାବେ ପ୍ରଚାର କରି ନିଜ ଇଛା ମୁତାବକ ବିଭିନ୍ନ ଖଣି ସଂସ୍ଥାରୁ କାର୍ଯ୍ୟ ନେବା ଏବଂ ସ୍ଥାନୀୟ ଅ□ଳର ଜନସାଧାରଣ ନାମରେ ପୋଲିସକୁ ମିଥ୍ୟା ତଥ୍ୟ ଯୋଗାଇ ପୋଲିସର ଇନ୍‌ଫର୍ମ ସାଜି କଲେଜ କୋଟି କୋଟି ଟଙ୍କା ମୁନଫା କରିଥିବା ସାଧାରଣରେ ଚର୍ଚ୍ଚା ହୁଏ । ପିଲେଟ ଚୋରି ଠାରୁ ଆରମ୍ଭ କରି ବାଂଶପାଣି ୟୁନାଇଟେଡ୍ କ୍ରସର ଘଟଣା ରେ ଗିରଫ କରାଇବା ସହିତ ମୁକେଶ ସିଂଘାନିଆ ଙ୍କୁ ଗିରଫ ଘଟଣାକୁ ଅନୁଧ୍ୟାନ କଲେ ଜଣାଯାଏ ଯେ କଲେଜ ନିଜ ସ୍ୱାର୍ଥ ସାଧାରଣ ନିମନ୍ତେ ପୋଲିସକୁ ହାତ ବାରିସ କରି ବ୍ୟବହାର କରୁଥିଲା । ପୋଲିସର ଧମକ ଚମକ ଦେଇ କାମ ହାତଇବା ସହିତ ଯେ କେହିବି ତାଙ୍କ ସ୍ୱାର୍ଥ ରେ ବାଧା ସୃଷ୍ଟି କରୁଥିଲେ ତାଙ୍କୁ ଜେଣେ ତେଣେ ପ୍ରକାରଣେ ପୋଲିସ ସହାୟତା ନେଇ ଗିରଫ କରାଇ ଯୋଡା ଅ□ଳ ରେ ଭୟର ବା□ାବରଣ ସୃଷ୍ଟି କରୁଥିଲେ । ଘଟଣା ଦିନ ବାଂଶପାଣି ସାଇଡିଂରେ ବିବାଦର ସୂତ୍ରପାତ୍ର ଏବଂ ଆକ୍ରମଣର ମାଷ୍ଟର ମାଇଣ୍ଡ କଲେଜ ଥିବା ନେଇ ଫିରୋଜ ମହମ୍ମଦ ଓରଫ କଲେଜ ଥିବା ନେଇ ଯଥେଷ୍ଟ ପ୍ରମାଣ ମିଳୁଥିଲେ ମଧ୍ୟ ଯୋଡା ଥାନା ପୋଲିସ ଏଯାବତ କଲେଜକୁ କାହିଁକି ଗିରଫ କରିନାହିଁ ତାକୁ ନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି । କଲେଜ ର ଭଣଜା କୁ ଗିରଫ କରିଥିବା ବେଳେ ମାଷ୍ଟର ମାଇଣ୍ଡ କଲେଜ ଫେରାର ଥିବା ପୋଲିସର ସ୍ୱଚ୍ଛତା ଉପରେ ଆଙ୍ଗୁଳି ନିର୍ଦ୍ଦେଶ କରୁଛି । କଲେଜ ଭଳି ଜଣେ ସାଧାରଣ ଲୋକ ଏତେ ଶିଘ୍ର ପୋଲିସର ଆସ୍ଥାଭାଜନ କିପରି ହୋଇପାରିଲା ଏବଂ ଏଯାବତ ତାର କାର୍ଯ୍ୟକଳାପ ପୋଲିସ ରାଡାରକୁ ନଆସିବା ଘଟଣା ସମସ୍ତଙ୍କୁ ଚକିତ କରିଛି । କଲେଜ ଉପରେ ବାରମ୍ବାର ଆଙ୍ଗୁଳି ନିର୍ଦ୍ଦେଶ ହେଉଥିଲେ ମଧ୍ୟ ପୋଲିସ କେଉଁ ସ୍ୱାର୍ଥକୁ ଆଖି ଆଗରେ ରଖି ତାକୁ ଗିରଫ କରୁନଥିବା ବେଳେ ତାଙ୍କ ଭଣଜା ଆମରି ହୁସେନ ପୂର୍ବରୁ ବାଂଶପାଣି ରେଳ ସାଇଡିଂରେ ଆଇରନ ପିଲେଟ ଚୋରି ଘଟଣାରେ ଜେଲ ଯାଇଥିବା ଜଣାପଡିଛି । ଏହି ଘଟଣାରେ କେନ୍ଦୁଝର ଜିଲ୍ଲା ଏସପି ହସ୍ତକ୍ଷେପ କରିବାକୁ ସାଧାରଣରେ ଦାବି ହେଉଛି ।

## ଜନଶକ୍ତି ପାର୍ଟି ପକ୍ଷରୁ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ସ୍ମାରକ ପତ୍ର

କେନ୍ଦ୍ରାପଡା (ପିଏନ)- ଜନଶକ୍ତି ପାର୍ଟି ପକ୍ଷରୁ କରୋନା ମହାମାରୀ ସମୟରେ ରାଜ୍ୟରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ଥ ହୋଇ ପଡିଥିବା ଅଭିଯୋଗ କରାଯାଇଛି । ଉଦାହରଣ ସ୍ୱରୁପ କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ୬୨ ଟି ଡାକ୍ତର ପଦବୀ ମଧ୍ୟରୁ ମାତ୍ର ୨୩ ଜଣ ଡାକ୍ତର ଅଛନ୍ତି । ଅନେକ ସମୟରେ ଡାକ୍ତରମାନେ ବେସରକାରୀ ଭାବେ ଚିକିତ୍ସା କରୁଥିବାରୁ ଗରିବ ଅସହାୟ ଲୋକ ମାନଙ୍କୁ ପ୍ରକୃତ ଚିକିତ୍ସା କରାନଯାଇ କଟକ ବଡ ଡାକ୍ତରଖାନାକୁ ପଠାଇ ଦିଆଯାଉଛି । ଗରିବ ଲୋକଟି ଆମ୍ବୁଲାନସ ସୁବିଧାରୁ ମଧ୍ୟ ବଂଚିତ ହେଉଛି । ସେହିପରି କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ପର୍ଯ୍ୟାପ୍ତ ସଂଖ୍ୟକ ବେଡ ନାହିଁ ଏବଂ ଯାହା କିଛି ଅଛି ତାହା ସମ୍ପୂର୍ଣ୍ଣ ଭାବେ ପୁରୁଣା ଓ ନଷ୍ଟ ହୋଇ ଯାଇଛି । ୨.୯୦ କି.ମି ବାଟ ଟ୍ରଲିରେ ବୁହା ହୋଇ ଆସିଥିବା ଅସହାୟ ମହିଳାଙ୍କ ମୃତ୍ୟୁର ପ୍ରକୃତ ତଦନ୍ତ କରାଗଲେ ଓଡିଶାରେ ସ୍ୱାସ୍ଥ୍ୟସେବାର ପ୍ରକୃତ ଚିତ୍ର ପଦାକୁ ଆସିପାରିବ । ସେହି ପରିବାରର ଜଣଙ୍କୁ ସରକାରୀ ଚାକିରୀ ପ୍ରଦାନ କରାଯାଉ । ଓଡିଶାରେ ବିଭିନ୍ନ ଖାଉଟି ସାମଗ୍ରୀ ଓ ପନିପରିବାର ଅହେତୁକ ଦର ବୃଦ୍ଧି ଜନ ସମାଜକୁ ବ୍ୟଥିତ କରୁଛି । ଏହାର ନିରାକରଣ ନିମନ୍ତେ ଉଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲି ଜନଶକ୍ତି ପାର୍ଟି ପକ୍ଷରୁ ଦାବୀ କରାଯାଇଛି । ଜନଶକ୍ତି ପାର୍ଟିର ରାଜ୍ୟ ସଭାପତି ଆଡଭୋକେଟ ପ୍ରଦୀପ କୁମାର ଦାଶ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର ସହକାରୀ ଜିଲ୍ଲାପାଳ ଶିବ ମଲ୍ଲିକଙ୍କୁ ପ୍ରଦାନ କରିଛନ୍ତି ।

## ଚୋରୀ ମାମଲାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣଙ୍କୁ ଉଠାଇନେଇଛି

କେନ୍ଦ୍ରାପଡା, (ପିଏନ)- କେନ୍ଦ୍ରାପଡା ସହରର ସଟରତାଡି ଚୋରୀ କରିବା ଓ ମହିଳା ବିଜେଡି ସଭାନେତ୍ରୀଙ୍କ ଘରୁ ଝରକା ରେଲିଂ ତାଡି ଚୋରୀ କରିବା ଘଟଣାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣଙ୍କୁ ସନ୍ଦେହରେ ଉଠାଇ ନେଇ କୌଣସି ଏକ ଅଜଣା ସ୍ଥାନରେ ରଖି ପଚରାଉଚୁରା କରୁଥିବା ଜଣାପଡିଛି । ପୋଲିସ ଉଠାଇ ନେଇଥିବା ସଂପୃକ୍ତ ବ୍ୟକ୍ତି ହେଉଛନ୍ତି ଟାଉନ ଥାନା ଅନ୍ତର୍ଗତ ରଣପଡା ଗ୍ରାମର ସେକ ବାବୁ ।

## ଓଡ଼ିଶା ସରକାରଙ୍କ ବିଶ୍ୱବିଦ୍ୟାଳୟ ସଂସ୍କାର ବିରୋଧରେ ପ୍ରଧାନମନ୍ତ୍ରୀଙ୍କୁ ସ୍ମାରକପତ୍ର ପ୍ରଦାନ

ବାରିପଦା, (ପିଏନ)- ଓଡ଼ିଶାରେ ବିଶ୍ୱବିଦ୍ୟାଳୟଗୁଡ଼ିକରେ ସଂସ୍କାର ଆଣିବା ନିମନ୍ତେ ଗତ ସେପ୍ଟେମ୍ବର ୪ରେ ପ୍ରକାଶିତ ଅଧ୍ୟାଦେଶ ସଂଖ୍ୟା ୮୨୧୯-ଆଇ-ଲେଗିସି- ୩୫/୨୦୨୦/ ଏଲକୁ ବିରୋଧ କରି ମୟୂରଭଞ୍ଜ ସିଟିଜେନ ଫୋରମ୍, ମୟୂରଭଞ୍ଜ ସାହିତ୍ୟ ପରିଷଦ ପ୍ରମୁଖ ସଙ୍ଗଠନ ସହ ଜିଲ୍ଲାର ବୁଦ୍ଧିଜୀବୀଗଣ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଦୃଷ୍ଟି ଆକର୍ଷଣ ନିମନ୍ତେ ଏକ ସ୍ମାରକପତ୍ର ପ୍ରଦାନ କରିଛନ୍ତି । ପ୍ରକାଶିତ ଅଧ୍ୟାଦେଶ ଅନୁଯାୟୀ ରାଜ୍ୟରେ ଥିବା ସମସ୍ତ ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକ ନିଯୁକ୍ତି ଏଣିକି ବିଶ୍ୱବିଦ୍ୟାଳୟ ସ୍ତରରେ କୁଳପତିଙ୍କ ଅଧକ୍ଷତାରେ ନହୋଇ ଓଡ଼ିଶା ପବ୍ଲିକ ସର୍ଭିସ୍ କମିଶନଙ୍କ ଦ୍ୱାରା କରାଯିବ । ଯାହାକୁ ନେଇ ବିବାଦ ଦେଖାଦେଇଛି । ବିଶ୍ୱବିଦ୍ୟାଳୟ ଏକ ସ୍ୱୟଂଚାଳିତ ଶିକ୍ଷା ଅନୁଷ୍ଠାନ । ଉହା ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ଆର୍ଥିକ ସହଯୋଗରେ ପରିଚାଳିତ ହୋଇଥାଏ । ଏହାର ଆସିଷ୍ଟାଂଟ ପ୍ରଫେସର, ଆସୋସିଏଟ ପ୍ରଫେସର, ପ୍ରଫେସର ନିଯୁକ୍ତି ପ୍ରକ୍ରିୟା ଭାରତ ସରକାରଙ୍କ ସ୍ୱତନ୍ତ୍ର ଅନୁଷ୍ଠାନ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ନିର୍ଦ୍ଦିଷ୍ଟ ନୀତି, ମାର୍ଗଦର୍ଶୀକା ଅନୁଯାୟୀ ହୋଇଥାଏ । ସେହିପରି ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକମାନଙ୍କର ଚାକିରୀରୁ ଅବସର, ପଦୋନ୍ନତି, ପରିତ୍ୟାଗ, ବୀଦେଶ ଗମନ, ଅନ୍ୟ ବିଶ୍ୱବିଦ୍ୟାଳୟରେ ଯୋଗଦାନ ଆଦି କାରଣରୁ ପ୍ରତ୍ୟେକ ବର୍ଷ ବହୁ ପଦବୀ ଖାଲିପଡ଼ିଥାଏ । ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ ନୀତି ଓ ମାର୍ଗଦର୍ଶୀକା ଅନୁଯାୟୀ ସମ୍ପୃକ୍ତ ବିଶ୍ୱବିଦ୍ୟାଳୟରେ କୁଳପତିଙ୍କ ଅଧକ୍ଷତାରେ ପରିଚାଳିତ ଶିକ୍ଷକ ନିଯୁକ୍ତି ଚୟନ କମିଟି ତତ୍କାଳ ଏହାର ନିଯୁକ୍ତି ପ୍ରକ୍ରିୟା ଶେଷ କରି ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା ବାତାବରଣକୁ ରକ୍ଷା କରିପାରିଥାଏ । ବିଶ୍ୱବିଦ୍ୟାଳୟ ସମାଜର ସର୍ବୋଚ୍ଚ ସମ୍ମାନୀୟ ଜ୍ଞାନ ଓ ଗବେଷଣାର ପବିତ୍ର କ୍ଷେତ୍ର ହୋଇଥିବା ସମୟରେ କୁଳପତି ମଧ୍ୟ ସର୍ବୋଚ୍ଚ ସମ୍ମାନୀୟ ବ୍ୟକ୍ତି ଅଟନ୍ତି । ବିଶ୍ୱବିଦ୍ୟାଳୟମାନଙ୍କରେ ଶିକ୍ଷକ ନିଯୁକ୍ତି ପ୍ରକ୍ରିୟା ଓଡ଼ିଶା ପବ୍ଲିକ ସାର୍ଭିସ କମିଶନଙ୍କ ଦ୍ୱାରା ପରିଚାଳିତ ହେଲେ ଖୋଲା ଖୋଲି ଭାବରେ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ଶିକ୍ଷକ ନିଯୁକ୍ତି ପ୍ରକ୍ରିୟାର ନୀତି ଓ ମାର୍ଗଦର୍ଶୀକାକୁ ଉଲ୍ଲଙ୍ଘନ କରାଇବ । ପୁଣି ଓପିଏସସି ଦ୍ୱାରା ନିଯୁକ୍ତି ପ୍ରକ୍ରିୟା ଶେଷ କରିବା ଅସମ୍ଭବ ଅଟେ । ଫଳରେ ଶିକ୍ଷକ ଅଭାବ ଜନିତ ପରିସ୍ଥିତି ହେତୁ ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା କ୍ଷେତ୍ରରେ ବିଭିନ୍ନ ସମସ୍ୟା ସୃଷ୍ଟିହେବା ସାଙ୍ଗକୁ ଅଶାନ୍ତ ବାତାବରଣର କାରଣ ପାଲଟି ଯିବ । ପୁଣି କୁଳପତି ପରି ସର୍ବୋଚ୍ଚ ପଦବୀର ଅମର୍ଯ୍ୟାଦା ହୋଇ ତାହା ପ୍ରଶାସନ ଓ ଅମଲାତନ୍ତ୍ରର ଖେଳନା ହୋଇଯିବ । ଏଥି ସହିତ ବିଶ୍ୱବିଦ୍ୟାଳୟର ଚରମ ଅଧୋଗତି ହେବ ବୋଲି ଦର୍ଶାଇ ମୟୁରଭଞ୍ଜ ସିଟିଜେନ ଫୋରମ ସଭାପତି ପୂର୍ଣ୍ଣଚନ୍ଦ୍ର ବୁଗୁଡ଼େଇ, ଓଡ଼ିଆ ଜାଗରଣ ମଂଚର ସଭାପତି ଶରତ ଚନ୍ଦ୍ର ନାୟକ, ମୟୂରଭଞ୍ଜ ସାହିତ୍ୟ ପରିଷଦର ସଭାପତି ପଦ୍ମନାଭ ସାହୁ ପ୍ରମୁଖଙ୍କ ସମେତ ଜିଲ୍ଲାରୁ ବହୁ ମାନ୍ୟଗଣ୍ୟ ବ୍ୟକ୍ତି, ବୁଦ୍ଧିଜୀବୀ ସ୍ୱାକ୍ଷର ସମ୍ୱଳିତ ଏକ ସ୍ମାରକପତ୍ର ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପ୍ରଦାନ କରିଥିବା ବେଳେ ଏହାର ନକଲ ଭାରତ ସରକାରଙ୍କ ଶିକ୍ଷାମନ୍ତ୍ରୀ, ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗର ଚେୟାରମ୍ୟାନ ଓ ସେକ୍ରେଟେରୀ, ଓଡ଼ିଶା ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ଓଡ଼ିଶା ସରକାରଙ୍କ ଉଚ୍ଚଶିକ୍ଷା ମନ୍ତ୍ରୀ, ମୟୂରଭଞ୍ଜ ଲୋକସଭା ସାଂସଦ ପ୍ରମୁଖଙ୍କୁ ପ୍ରଦାନ କରାଯାଇଛି ।

## ବିଜୁଳି ଓ ରାସ୍ତାରୁ ବଂଚିତ ଚନ୍ଦନପୁର ଜେନାସାହି ଗ୍ରାମବାସୀ

### ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣା ଦେବାକୁ ଚେତାବନୀ

କେନ୍ଦ୍ରାପଡା, (ପିଏନ)- ସ୍ୱାଧିନତାର ୭୪ ବର୍ଷ ପରେ ମଧ୍ୟ ଗ୍ରାମବାସୀ ମାନେ ଗାଁକୁ ଯିବାକୁ ରାସ୍ତା ପାଉ ନଥିବା ବେଳେ ଗ୍ରାମ୍ୟ ବିଦ୍ୟୁତକରଣ ଯୋଜନା ସାତ ସପନ ହୋଇ ରହିଛି । ରାସ୍ତା ନଥିବାରୁ ବର୍ଷ ସାରା ପାଣି କାଦୁଅରେ ପଶି ବିଲ ଭିତରେ ନିଜ ଘରକୁ ଯାଉଥିବା ଭଳି ଏକ ବାସ୍ତବ ଚିତ୍ର କେନ୍ଦ୍ରାପଡା ବ୍ଲକ ଅଧିନ କଂସାର ପଂଚାୟତର ଚନ୍ଦନପୁର ଗ୍ରାମର ଜେନାସାହିରେ ଦେଖିବାକୁ ମିଳୁଛି । ଚନ୍ଦନପୁର ଗ୍ରାମର ପଡା ଗ୍ରାମରେ ରହୁଥିବା ପ୍ରାୟ ୨୦ଟି ପରିବାର ରାସ୍ତା ଓ ଆଲୋକ ପାଇଁ ଅଭିଶପ୍ତ ଜୀବନ ବିତାଉଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । କେନ୍ଦ୍ରାପଡା ଟାଉନରୁ ମାତ୍ର ୭ କିମି ଦୂରରେ ଅବସ୍ଥିତ ଏହି ଗ୍ରାମର ଅବସ୍ଥା ଆଖିରେ ନଦେଖିଲେ ବିଶ୍ୱାସ କରିହେବ ନାହିଁ । ନିର୍ବାଚନ ସମୟରେ ଭୋଟ୍ ପାଇଁ ପ୍ରଚାର କରିବାକୁ ଆସୁଥିବା ନେତା ମାନେ ରାସ୍ତା ଏବଂ ଆଲୁଅ ଯୋଗାଇ ଦେବା ପାଇଁ ପ୍ରତିଥର ଗ୍ରାମବାସୀଙ୍କୁ ପ୍ରତିଶୃତି ଦେଉଥିଲେ ମଧ୍ୟ ଏପର୍ଯ୍ୟନ୍ତ ତାହା ପାଣିର ଗାର ହୋଇ ରହିଛି । ସ୍ଥାନୀୟ ସରପଂଚ ପ୍ରଦ୍ୟୁମ୍ନ ଜେନା ଏହି ସମସ୍ୟାର ସମାଧାନ ପାଇଁ ବାରମ୍ବାର ଉଦ୍ୟମ କରିଥିଲେ ମଧ୍ୟ ବ୍ଲକ ପ୍ରଶାସନ, ଜିଲ୍ଲା ପ୍ରଶାସନ ଓ ବିଦ୍ୟୁତ୍ ବିଭାଗର ଅସହଯୋଗ କାରଣରୁ ସ୍ଥାନୀୟ ବାସିନ୍ଦା ଦହଗଞ୍ଜ ଭୋଗୁଥିବା ଜଣାପଡିଛି । ଏହି ଗ୍ରାମରେ ରହୁଥିବା ପ୍ରାୟ ୨୦ ଘର ଦଳିତ ସଂପ୍ରଦାୟର ପରିବାର ନିଜର ମୌଳିକ ସୁବିଧା ପାଇବା ପାଇଁ ଆପତି ଅଭିଯୋଗ କଲେ ମଧ୍ୟ କେହି ଶୁଣିବାକୁ ନାହାନ୍ତି । ନିର୍ବାଚିତ ପ୍ରତିନିଧି ମାନେ ଭୋଟ୍ ପାଇବା ପରେ ଦ୍ୱିତୀୟ ଥର ପାଇଁ ଗାଁ ଭିତରେ ପାଦ ପକାଉ ନଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । ଏହି ଗ୍ରାମବାସୀ ମାନଙ୍କୁ ଯାତାୟତ ପାଇଁ ରାସ୍ତା, ଆଲୋକ ଓ ପାନୀୟ ଜଳ ଯଥା ଶିଘ୍ର ପ୍ରଶାସନ ପକ୍ଷରୁ ଯୋଗାଇ ଦିଆ ନଗଲେ ଏହି ଦଳିତ ସଂପ୍ରଦାୟର ବ୍ୟକ୍ତିମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣାରେ ବସିବେ ବୋଲି ଚେତାବନୀ ଦେଇଛନ୍ତି ।




2024-2025

ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

୨୬ତମ ପ୍ରତିଷ୍ଠା ଦିବସ ସମାରୋହ
ଖେଳ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ
ପର୍ଯ୍ୟବେକ୍ଷକ
Bhubaneswar Wednesday November 20 | ଭୁବନେଶ୍ୱର ବୁଧବାର, ନଭେମ୍ବର ୨୦,୨୦୨୪ | Daily Edition : R.N.I.No: ODIODI /1999/00717 | Postal Regd. No: BN/57/18-20 | www.paryabekhyak.com | ୮

# ଦିଲ୍ଲୀରେ ଓଡ଼ିଆ ଛାତ୍ର ସଂଗଠନ ଦ୍ୱାରା ପ୍ରଦୂଷଣ ମୁକାବିଲା ନିମନ୍ତେ ସଚେତନତା : ମାସ୍କ ବିତରଣ



ନୂଆଦିଲ୍ଲୀ,(ପି.ଏନ): ଦିଲ୍ଲୀ ଓଡ଼ିଆ ଛାତ୍ର ସଂଗଠନ (DOSA) ରାଜଧାନୀରେ ଓଡ଼ିଆ ଛାତ୍ରଛାତ୍ରୀଙ୍କୁ ଏକାଠି କରି ଦିଲ୍ଲୀ ବିଶ୍ୱବିଦ୍ୟାଳୟ ସ୍ଥିତ କଳା ସଂକାୟ ଓ ପାର୍ଶ୍ୱବର୍ତ୍ତୀ ସ୍ଥାନମାନଙ୍କରେ ତଥା ସାଉଥ୍ କ୍ୟାମ୍ପସ ରେ ପ୍ରଦୂଷଣ ମୁକାବିଲା ନିମନ୍ତେ ପାଖାପାଖି ଏକ ଶତ ରୁ ଉର୍ଦ୍ଧ୍ୱ ଲୋକଙ୍କୁ ଙ୍କୁ ମାସ୍କ ବିତରଣ କରିବା ସହ ସଚେତନ ରହିବାକୁ ପରାମର୍ଶ ଦେଇଥିଲା। ଅଧକ୍ଷ ଓମ୍ ବାରିକ, ଉପାଧ୍ୟକ୍ଷ ଦିବ୍ୟା ମହାରଣା ଓ ସମୀର ରଞ୍ଜନ ସାହୁ, ସାଧାରଣ ସଚିବ ବିଶ୍ୱଜିତ୍ ସାହୁ, ଅଦିତି ସାହୁ, ଓମ୍ ଶ୍ରୀକୃଷ୍ଣ ରଞ୍ଜନ ପାତ୍ର ଏବଂ ହରିଓମ୍ ପତି ତଥା ଅନ୍ୟ ସଦସ୍ୟଗଣ ଏହି ସ୍ୱେଚ୍ଛାକୃତ ପଦକ୍ଷେପ ରେ ଯୋଗଦାନ କରିଥିଲେ।

# ଚେଲିତୋଳ ବାଲିଯାତ୍ରା ୨୦୨



ଜଗତସିଂହପୁର,(ପି ଏନ) ତିର୍ତ୍ତୋଲ ବ୍ଲକ ଅନ୍ତର୍ଗତ ଗୋପୀଆକୁଦ ମହାନଦୀ ପଠାରେ ଚେଲିତୋଳ ବାଲିଯାତ୍ରାର ଷଷ୍ଠ ସନ୍ଧ୍ୟାରେ ବାଲିଯାତ୍ରା ସଭାପତି ତଥା ବିଧାୟକ ପ୍ରଫେସର ଡ଼ଃ. ରମାକାନ୍ତ ଭୋଇଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉତ୍ସବରେ ମୁଖ୍ୟ ଅତିଥି ଭାବେ ରାଜ୍ୟସଭା ସାଂସଦ ଦେବାଶିଷ ସାମନ୍ତରାୟ, ମୁଖ୍ୟବକ୍ତା ଭାବେ ପୂର୍ବତନ ମନ୍ତ୍ରୀ ପ୍ରତାପ ଜେନା, ସ୍ୱତନ୍ତ୍ର ଅତିଥି ରାଜ୍ୟ ସଭା ମା ଶିଶ୍ମାଞ୍ଚଳ ସଭାପତି ଅରିନ୍ଦମ ସର୍କଲ, ଜ଼ିଲ୍ଲା ବିଜେଡି ମହିଳାନେତ୍ରୀ ସବିତା ମହାପାତ୍ର, ରଘୁନାଥପୁର ବ୍ଲକ ଉପାଧକ୍ଷ ଦେବାଶିଷ ତ୍ରିପାଠୀ, ଜ଼ିଲ୍ଲା ବିଜେଡି ବରିଷ୍ଠ ଉପସଭାପତି ଅଶ୍ୱିନୀ କୁମାର ଦାସ, ଜ଼ିଲ୍ଲାପରିଷଦ ସୁନୀଲ ବେହେରା, ଜ଼ିଲ୍ଲା ବିଜେଡି ଉପସଭାପତି ଦେବୀ ପ୍ରସାଦ ତ୍ରିପାଠୀ, ବିରିଡି ବ୍ଲକ ସଭାପତି ରବୀନ୍ଦ୍ର ରାଉଳ, ବ୍ଲକ ବିଜେଡି ସଭାପତି ତଥା ଜ଼ିଲ୍ଲାପରିଷଦ ଗଙ୍ଗାଧର ବିଶ୍ୱାଳ ପ୍ରମୁଖ ଅତିଥି ଭାବେ ଯୋଗଦେଇ ପ୍ରଦୀପ ପ୍ରଜ୍ଜ୍ୱଳନ କରି ଷଷ୍ଠ ସନ୍ଧ୍ୟାକୁ ଉଦଘାଟନ କରିଥିଲେ. ପ୍ରାରମ୍ଭରେ ଋତୁପର୍ଣ୍ଣା କଳା ସାହିତ୍ୟ ସଂସଦ ର କଳାକାର ମାନଙ୍କଦ୍ୱାରା ସ୍ୱାଗତ ସଂଗୀତ ଗାନ କରାଯାଇଥିଲା. ସଭାପତି ତଥା ବିଧାୟକ ଡ଼ଃ. ଭୋଇ ଅତିଥି ମାନଙ୍କୁ ପୁଷ୍ପ ଗୁଚ୍ଛ ଓ ଉତ୍ତରୀୟ ଦେଇ ସ୍ୱାଗତ ସମ୍ବର୍ଦ୍ଧିତ କରିଥିଲେ।

# ସାଂସଦଙ୍କ ଦ୍ୱାରା ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପ ଉଦଘାଟିତ



ବାଲିଅନ୍ତା,(ପି.ଏନ): ମଙ୍ଗଳବାର ଅପରାହ୍ନ ସମୟରେ ବାଲିଅନ୍ତା ବ୍ଲକ ଅନ୍ତର୍ଗତ ଉମାଦେଇବ୍ରହ୍ମପୁର ପଞ୍ଚାୟତରେ ୪ଟି ପ୍ରକଳ୍ପ ଉଦଘାଟିତ ହେବା ସହ ସାଧାରଣ ସଭା ଆୟୋଜିତ ହୋଇଯାଇଛି। ବିଜେପି ମଣ୍ଡଳ ସଭାପତି ବିଜୟ କୁମାର ମହାରଣାଙ୍କ ପୌରହିତ୍ୟରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଭୁବନେଶ୍ୱର ସାଂସଦ ଅପରାଜିତା ଷଡ଼ଙ୍ଗୀ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଯଶୁଆପୁର ସ୍ଥିତ ସ୍ୱାସ୍ଥ୍ୟ ଉପକେନ୍ଦ୍ର , ଗଡକଣ୍ଟୁଣିଆ ସ୍ଥିତ ମା' ଦୁଲାଦେଇ ଗୋଷ୍ଠୀକେନ୍ଦ୍ର , ରାଇଗୁରୁ ବାସୁଦେଇପୁର ସ୍ଥିତ ଶ୍ମଶାନ ଗୃହ , ନାଗପୁର ସ୍ଥିତ ସାଂସ୍କୃତିକ କେନ୍ଦ୍ରର ଉଦଘାଟନ କରିଥିଲେ। ପ୍ରାୟ ୪୦ ଲକ୍ଷ ଟଙ୍କାର ବିଭିନ୍ନ ପ୍ରକଳ୍ପ ଉଦଘାଟନ ହୋଇଥିଲା । ଅନ୍ୟମାନଙ୍କ ମଧ୍ୟରେ ବାଲିଅନ୍ତା ମଣ୍ଡଳ ଉନ୍ନୟନ ଅଧିକାରୀ ପବିତ୍ର ସାମଲ , ବରିଷ୍ଠ ବିଜେପି ନେତା ସୁବାଷ ଜେନା , ମାଗୁଣି ସେଠୀ , ଚୌଧୁରୀ ଦ୍ୱାରିକାନାଥ ଦାସ , ପ୍ରଦୀପ୍ତ ମହାନ୍ତି, ସିଦ୍ଧେଶ୍ୱର ନାଥ , ପ୍ରକୃତି ବନ୍ଧୁ ଦିନବନ୍ଧୁ ଭୋଇ ,ତାପସ ଜେନା ପ୍ରମୁଖ ଉପସ୍ଥିତ ଥିଲେ। ଅଂଚ଼ଳର ମହିଳା ମାନେ ହୁଳହୁଳି ସହ ଜୟ ଶ୍ରୀରାମ , ଅପରାଜିତା ଜିନ୍ଦାବାଦ ଧ୍ୱନି ଦେଇ ସାଂସଦକୁ ପାଛୋଟି ନେଇଥିଲେ। ଶିବ ମଲ୍ଲିକ ମଞ୍ଚ ପରିଚ଼ାଳନା କରିଥିବା ବେଳେ ସମିତି ସଭ୍ୟ ରଞ୍ଜନ କୁମାର ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।

# ୩୭ତମ ବିସିଆଇ ନ୍ୟାସ୍‌ନାଲ୍ ମୁଟ୍ କୋର୍ଟ ପ୍ରତିଯୋଗିତା: ଇତିହାସ ସୃଷ୍ଟି କଲା କିଟ୍ ଲ' ସ୍କୁଲ୍



ଭୁବନେଶ୍ୱର,(ପି.ଏନ) : କିଟ୍ ଲ' ସ୍କୁଲ୍‌ର ଛାତ୍ରଛାତ୍ରୀମାନେ ସମ୍ମାନଜନକ ୩୭ତମ ବାର୍ କାଉନ୍‌ସିଲ୍ ଅଫ୍ ଇଣ୍ଡିଆ (ବିସିଆଇ) ରାଷ୍ଟ୍ରୀୟ ସର୍ବଭାରତୀୟ ଆନ୍ତଃ-ବିଶ୍ୱବିଦ୍ୟାଳୟ ମୁଟ୍ କୋର୍ଟ ପ୍ରତିଯୋଗିତାରେ ବିଜୟୀ ହୋଇଛନ୍ତି। ନଭେମ୍ବର ୧୫ରୁ ୧୭ ତାରିଖ ପର୍ଯ୍ୟନ୍ତ ଗୁଜୁରାଟର କର୍ଣ୍ଣାବତୀ ବିଶ୍ୱବିଦ୍ୟାଳୟରେ ଚାଲିଥିବା ଏହି ପ୍ରତିଯୋଗିତାରେ କିଟ୍ ଲ ସ୍କୁଲ୍ ଛାତ୍ରଛାତ୍ରୀମାନେ ପୁଣି ଥରେ ଶ୍ରେଷ୍ଠତ୍ୱ ବଜାୟ ରଖିବା ସହ ୨ ଲକ୍ଷ ଟଙ୍କାର ପୁରସ୍କାର ରାଶି ହାସଲ୍ କରିଛନ୍ତି। ତିନିତିନି ଥର ଏହି ସମ୍ମାନଜନକ ପ୍ରତିଯୋଗିତାରେ ବିଜୟ ଲାଭ କରିବାରେ କିଟ୍ ପ୍ରଥମ ଘରୋଇ ବିଶ୍ୱବିଦ୍ୟାଳୟ ହେବାର ଗୌରବ ଅର୍ଜନ କରିଛି। ସୂଚନାଯୋଗ୍ୟ, ୨୦୦୭ରେ ପ୍ରତିଷ୍ଠିତ କିଟ୍ ଲ ସ୍କୁଲ୍ ଦେଶର ଏକ ଅଗ୍ରଣୀ ଲ'ସ୍କୁଲ ଭାବେ ଖ୍ୟାତି ଅର୍ଜନ କରିବା ସହ ଏଭଳି ଉପଲବ୍ଧି ଉଲ୍ଲେଖନୀୟ। ଏହା ପୂର୍ବରୁ କିଟ୍ ଲ' ସ୍କୁଲ୍ ଦୁଇ ଥର ବାର୍ କାଉନ୍‌ସିଲ୍ ଅଫ୍ ଇଣ୍ଡିଆ ନ୍ୟାସ୍‌ନାଲ୍ ମୁଟ୍ କୋର୍ଟ ପ୍ରତିଯୋଗିତାରେ ବିଜୟୀ ହୋଇଥିବା ବେଳେ ଏବେ ତୃତୀୟ ଥର ପାଇଁ କିଟ୍ ଲ ସ୍କୁଲ୍ ଇତିହାସ ରଚିଛି। ଏହି ବିଜୟ ଭବିଷ୍ୟତ ଆଇନଜୀବୀଙ୍କ ଉତ୍ସର୍ଗୀକୃତ ଓ କଠିନ ପରିଶ୍ରମ ତଥା ଦକ୍ଷତାର ପ୍ରମାଣ ଦେବା ସହ କିଟ୍ ଲ ସ୍କୁଲ୍‌ର ଗୁଣାତ୍ମକ ଶିକ୍ଷାଦାନ ଏବଂ ଅଧ୍ୟାପକ ଅଧ୍ୟାପିକାଙ୍କ ଉପଯୁକ୍ତ ମାର୍ଗଦର୍ଶନ ପ୍ରତିପାଦିତ କରୁଛି।ଏହି ସଫଳତାରେ ସନ୍ତୋଷ ବ୍ୟକ୍ତ କରି କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ କହିଛନ୍ତି ତିନିତିନି ଥର ବିସିଆଇ ମୁଟ୍ କୋର୍ଟ ପ୍ରତିଯୋଗିତାରେ ଶ୍ରେଷ୍ଠତ୍ୱ ଅର୍ଜନ କରିବା ଭାରତବର୍ଷ ଓ ବିଶେଷ କରି ଓଡ଼ିଶା ପାଇଁ ଗର୍ବ ଓ ଗୌରବର ବିଷୟ। ଏହି ସଫଳତା ପାଇଁ ସେ ବିଜୟୀ ହୋଇଥିବା କିଟ୍ ଲ ସ୍କୁଲ୍ ଛାତ୍ରଛାତ୍ରୀଙ୍କୁ ଶୁଭେଚ୍ଛା ଜଣାଇଛନ୍ତି। ଛାତ୍ରଛାତ୍ରୀଙ୍କ ସଫଳତା ପରବର୍ତ୍ତୀ ବ୍ୟାଚ୍‌ର ଛାତ୍ରଛାତ୍ରୀଙ୍କୁ ପ୍ରେରଣା ଓ ପ୍ରୋତ୍ସାହନ ଯୋଗାଇବ ବୋଲି ଶ୍ରୀ ସାମନ୍ତ କହିଛନ୍ତି।

ସୂଚନାଯୋଗ୍ୟ, ବାର୍ କାଉନ୍‌ସିଲ୍ ଅଫ୍ ଇଣ୍ଡିଆ ପକ୍ଷରୁ ପ୍ରତିବର୍ଷ ଅନୁଷ୍ଠିତ ହେଉଥିବା ଆନ୍ତଃବିଶ୍ୱବିଦ୍ୟାଳୟସ୍ତରୀୟ ସମ୍ମାନଜନକ ଜାତୀୟ ମୁଟ୍ କୋର୍ଟ ପ୍ରତିଯୋଗିତାରେ ବିଭିନ୍ନ ଜାତୀୟସ୍ତରର ଲ' ସ୍କୁଲ୍ ସମେତ ଦେଶର ବହୁ ପ୍ରତିଷ୍ଠିତ ଲ' ସ୍କୁଲ୍‌ର ପିଲାମାନେ ଅଂଶଗ୍ରହଣ କରିଥାନ୍ତି।

# ବାରଙ୍ଗ ବ୍ଲକ ସ୍ତରୀୟ ବିଜ୍ଞାନ ମେଳାର ପ୍ରସ୍ତୁତି ବୈଠକ

ଫୁଲନଖରା,(ପି.ଏନ); ବାରଙ୍ଗ ବ୍ଲକ ସ୍ତରୀୟ ବିଜ୍ଞାନ ମେଳା ସୁଚାରୁରୂପେ ପରିଚାଳନା ପାଇଁ ଗବବସ୍ତ ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ଏକ ପ୍ରସ୍ତୁତି ବୈଠକ ବିଇଓ ବିଭୂତିଭୂଷଣ ବେହେରାଙ୍କ ଅଧକ୍ଷତାରେ ଅନୁଷ୍ଠିତ ହୋଇଥିଲା। ବ୍ଲକ ସ୍ତରୀୟ ବିଜ୍ଞାନ ମେଳା ଆସନ୍ତା ୨୧ ତାରିଖ ଗୁରୁବାର ଦିନ ବାରଙ୍ଗ ୩୩ ନମ୍ବର ଜୋନ ଅନ୍ତର୍ଗତ ଗବବସ୍ତ ସରକାରୀ ଉଚ୍ଚ ବିଦ୍ୟାଳୟରେ ଅନୁଷ୍ଠିତ ହେବାକୁ ସ୍ଥିର ହୋଇଥିଲା । ବିଜ୍ଞାନ ମେଳାକୁ ସଫଳତା ସହ ଆୟୋଜନ କରିବା ପାଇଁ ବ୍ଲକର ସମସ୍ତ ବିଦ୍ୟାଳୟ ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ନେଇ ବିଭିନ୍ନ କମିଟି ଗଠନ କରାଯାଇଥିଲା । ଉକ୍ତ ବୈଠକରେ ଏବିଇଓ ପ୍ରଫୁଲ୍ଲ କୁମାର ରଥ ,ସମସ୍ତ ସିଆରସିସି , ପ୍ରଧାନ ଶିକ୍ଷକ ତ୍ରିଲୋଚନ ଜେନା,ଚନ୍ଦ୍ରମଣୀ ପ୍ରଧାନ,ଶରତ କୁମାର ଆଚାର୍ଯ୍ୟ,ପ୍ରତାପ ଚନ୍ଦ୍ର ମହାପାତ୍ର, ଉତ୍ତମ କୁମାର ସାହୁ,ସୁଜତା ମହାପାତ୍ର, ସୁଭଦ୍ରା ତ୍ରିପାଠୀ,ସ୍ୱପ୍ନାଶ୍ରୀ ପଟ୍ଟନାୟକ,ମନୋଜ କୁମାର ସ୍ୱାଇଁ,ପ୍ରାକ୍ତନ ଶିକ୍ଷକ ପ୍ରଦ୍ୟୁମ୍ନ କୁମାର ପାତ୍ର,ଗୋବିନ୍ଦ ଚନ୍ଦ୍ର ପାତ୍ର ଉପସ୍ଥିତ ଥିଲେ । ପ୍ରଧାନ ଶିକ୍ଷୟିତ୍ରୀ ହରିପ୍ରିୟା ମହାପାତ୍ର କାର୍ଯ୍ୟକ୍ରମ ପରିଚାଳନା କରିଥିଲାବେଳେ ଗଣେଶ୍ୱର ନାୟକ,ତ୍ରିଲୋଚନା ବେହେରାଙ୍କ ସମେତ ପ୍ରାଥମିକ,ଉଚ୍ଚ ପ୍ରାଥମିକ, ମାଧମିକ ବିଦ୍ୟାଳୟ,ଶିକ୍ଷକ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ।

# ଜିଲ୍ଲା ସ୍ତରୀୟ ଭାରତୀୟ ସମବାୟ ସପ୍ତାହ ପାଳିତ



କେନ୍ଦ୍ରାପଡ଼ା,(ପି.ଏନ): ୭୧ତମ ଜିଲ୍ଲା ସ୍ତରୀୟ ଭାରତୀୟ ସମବାୟ ସପ୍ତାହ ପାଳନ ଅବସରରେ ମଙ୍ଗଳବାର ଜିଲ୍ଲା ସଂସ୍କୃତି ଭବନରେ ଏକ ଉତ୍ସବ ସମବାୟ ସମିତି ସମୂହର ଉପନିବନ୍ଧକ ସନ୍ତୋଷ କୁମାର ଦାସଙ୍କ ପୌରହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। ଏହି ଉତ୍ସବରେ ମହାକାଳପଡା ବିଧାୟକ ଡ. ଦୁର୍ଗା ପ୍ରସନ୍ନ ନାୟକ ମୁଖ୍ୟ ଅତିଥି ଭାବେ ଯୋଗଦେଇ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦେଶର ବିକାଶ ପାଇଁ ଚିନ୍ତା କରୁଥିବା ବେଳେ ସମବାୟର ବିକାଶ ପାଇଁ ମଧ୍ୟ ଚିନ୍ତା କରିଛନ୍ତି। ଯେଉଁଥି ପାଇଁ କୃଷି ବିଭାଗରୁ ସମବାୟ ବିଭାଗକୁ ଅଲଗା କରି ଏକ ସ୍ୱତନ୍ତ୍ର ବିଭାଗ ସୃଷ୍ଟି କରିବା ସହିତ ଅମିତ ସାହଙ୍କ ଭଳି ଜଣେ ଦକ୍ଷ ମନ୍ତ୍ରୀଙ୍କୁ ସମବାୟ ବିଭାଗର ଦାୟୀତ୍ୱ ପ୍ରଦାନ କରିଛନ୍ତି। ରାଜ୍ୟ ସରକାର ମଧ୍ୟ କୃଷକମାନଙ୍କ ବିକାଶ ପାଇଁ ଚିନ୍ତା କରୁଥିବାରୁ ସରକାରଙ୍କ ପ୍ରଥମ କ୍ୟାବିନେଟ ବୈଠକରେ ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ୩୧ଶହ ଟଙ୍କାକୁ ବୃଦ୍ଧି କରି ପ୍ରସ୍ତାବ ଗୃହିତ କଲେ। ଚଳିତବର୍ଷ ପ୍ରତ୍ୟେକ ଧାନ ମଣ୍ଡିରେ ସି.ସି. ଟିଭି ଲଗାଯାଉଛି। ଏହାଦ୍ୱାରା ଦଲାଲମାନଙ୍କ ଦ୍ୱାରା ଚାଷୀମାନେ ଆଉ ଶୋଷଣର ଶୀକାର ହେବେନାହିଁ। ଚାଷୀମାନେ ଯେପରି ମଣ୍ଡିରେ ଧାନ ଦେବାରେ କୌଣସି ସମସ୍ୟାର ସମ୍ମୁଖୀନ ନହୁଅନ୍ତି ସେଥିପ୍ରତି ସମସ୍ତ ସମବାୟ ସମିତିର କର୍ମକ□ମାନେ ଦୃଷ୍ଟିଦେବାକୁ ବିଧାୟକ ଶ୍ରୀ ନାୟକ ପରାମର୍ଶ ଦେଇଥିଲେ। ଉତ୍ସବରେ କଟକ କେନ୍ଦ୍ର ସମବାୟ ବ୍ୟାଙ୍କର ମୁଖ୍ୟ କାର୍ଯ୍ୟନିର୍ବାହୀ ଅନନ୍ତ ସାମଲ ସମ୍ମାନୀତ ଅତିଥି ଭାବେ ଯୋଗଦେଇ ସମବାୟ ବ୍ୟାଙ୍କ ପକ୍ଷରୁ ଚାଷୀ ତଥା ସମବାୟ ସମିତିର ସଦସ୍ୟମାନଙ୍କୁ ପ୍ରଦାନ କରାଯାଉଥିବା ସୁବିଧା ସୁଯୋଗ ସମ୍ପର୍କରେ ସୂଚନା ଦେଇଥିଲେ। ଅନ୍ୟତମ ଅତିଥି ଭାବେ ଜିଲ୍ଲା ବିଜେପି ସଭାପତି କିଶୋର କୁମାର ପଣ୍ଡା ଯୋଗଦେଇ କୃଷି ଓ କୃଷକର ବିକାଶ ପାଇଁ ସମବାୟ ସମିତି ଗୁଡିକର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି ବୋଲି କହିଥିଲେ। ସେହିପରି ପୂର୍ବତନ ଜିଲ୍ଲା ପରିଷଦ ସଭାପତି ଗିତାଞ୍ଜଳୀ ସେଠୀ ଯୋଗଦେଇ କହିଲେ ଯେ ଆମ୍ଭେମାନେ ସମବାୟ ସମିତିର ଆତ୍ମା ଭାବରେ କାର୍ଯ୍ୟ କଲେ ସମବାୟ ସଂସ୍ଥା ଗୁଡିକର ଉନ୍ନତି ସମ୍ଭବ ହୋଇପାରିବ। କେନ୍ଦ୍ରାପଡା କ୍ରେଡିଟ କୋପରେଟିଭ ସୋସାଇଟିର ସଭାପତି ପ୍ରମୋଦ ସାହୁ ମଧ୍ୟ ଅତିଥି ଭାବେ ଯୋଗଦେଇ ବକ୍ତବ୍ୟ ରଖିଥିଲେ। ଏହି ଅବସରରେ ଅନୁଷ୍ଠିତ ବକ୍ତୃତା ଓ ରଚନା ପ୍ରତିଯୋଗିତାର କୃତି ପ୍ରତିଯୋଗୀମାନଙ୍କୁ ପୁରସ୍କୃତ କରାଯାଇଥିଲା। ରାଜ୍ୟ ସ୍ତରରେ ପ୍ରଥମ ହୋଇଥିବା ଜମଧର ପ୍ରାଥମିକ କୃଷି ସମବାୟ ସମିତି, ଦ୍ୱିତୀୟ ହୋଇଥିବା ଭରତପୁର ପ୍ରାଥମିକ କୃଷି ସମବାୟ ସମିତି, ତୃତୀୟ ହୋଇଥିବା କୁଶିଆପାଳ ପ୍ରାଥମିକ କୃଷି ସମବାୟ ସମିତି ସମେତ କେନ୍ଦ୍ରାପଡା ଅର୍ବାନ କୋପରେଟିଭ ବ୍ୟାଙ୍କ ଓ କେନ୍ଦ୍ରାପଡା କ୍ରେଡିଟ କୋପରେଟିଭ ସୋସାଇଟିକୁ ମଧ୍ୟ ପୁରସ୍କୃତ କରାଯାଇଥିଲା। ଶେଷରେ ସମବାୟ ସମିତି ସମୂହର ସହକାରୀ ନିବନ୍ଧକ ଯୋଗେନ୍ଦ୍ର ବିଶ୍ୱାଳ ଧନ୍ୟବାଦ ଅର୍ପଣ କରିଥିଲେ। ଭାବଗ୍ରାହୀ କଳା ନିକେତନର କଳାକାରମାନେ ଆବାହନୀ ସଂଗୀତ ଗାନ କରିଥିଲେ। ଏହି ଉତ୍ସବରେ ସମବାୟ ସମିତି ଗୁଡିକର କର୍ମକ□ା ଓ ସମ୍ପାଦକମାନେ ଯୋଗଦେଇଥିଲେ।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray